୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.10 Bhubaneswar Monday February 12 2024 | ୨୬ତମ ବର୍ଷ ସଂଖ୍ୟା–୧୦ ଭୁବନେଶ୍ୱର, ସୋମବାର, ଫେବୃଆରୀ ୧୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## ରାସ୍ତାରେ ଓଲଟି ପଡିଲା ପିକ୍‌ଅପ୍ ଭ୍ୟାନ୍; ୫ ଶ୍ରମିକ ମୃତ, ୨୫ ଗୁରୁତର



ଭୁବନେଶ୍ୱର,୧୧।୨(ପି.ଏନ): ଚାଷ କାମ ସାରି ଘରକୁ ଫେରୁଥିବା ବେଳେ ମଝି ରାସ୍ତାରେ ଓଲଟି ପଡିଲା ପିକ୍‌ଅପ୍ ଭ୍ୟାନ୍। ଯାହାଫଳରେ ୫ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ୨୫ରୁ ଅଧିକ ଶ୍ରମିକ ଗୁରୁତର ଆହତ ହୋଇଛନ୍ତି। ଆଜି ସନ୍ଧ୍ୟା ବେଳେ ଏପରି ମର୍ମନ୍ତୁଦ ସଡକ ଦୁର୍ଘଟଣା କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ଥାନା ଡୋକରିପଡା ଛକରେ ଘଟିଛି। ସ୍ଥାନୀୟ ଲୋକ, ପୁଲିସ୍ ଓ ଅଗ୍ନିଶମ କର୍ମଚାରୀମାନେ ଉଦ୍ଧାର କାର୍ଯ୍ୟରେ ଲାଗିଛନ୍ତି। ଦୁର୍ଘଟଣା ଘଟାଇଥିବା ପିକ୍‌ଅପ୍‌ରେ ୬୦ ଜଣ ଶ୍ରମିକ ଥିଲେ। ସେଥିରେ ଅଧିକାଂଶ ମହିଳା।

## ମନ୍ଦିର ପ୍ରସାଦରୁ ମିଳିଲା ହାଡ ଖଣ୍ଡ, ତଦନ୍ତ ନିର୍ଦ୍ଦେଶ



ନୂଆଦିଲ୍ଲୀ,୧୧।୨(ପି.ଏନ): ଆନ୍ଧ୍ରପ୍ରଦେଶର ପ୍ରସିଦ୍ଧ ମନ୍ଦିର ଶ୍ରୀସାଇଲମ ତଥା ମଲ୍ଲିକାର୍ଜୁନ ମନ୍ଦିର ପ୍ରସାଦରୁ ମିଳିଲା ହାଡ ଖଣ୍ଡ। ଏହାକୁ ନେଇ ଚାରିଆଡେ ହଇଚଇ ସୃଷ୍ଟି ହୋଇଛି। ଏନେଇ ଅଭିଯୋଗ ହେବା ପରେ ମନ୍ଦିର ପ୍ରଶାସନ ତଦନ୍ତ ନିର୍ଦ୍ଦେଶ ଦେଇଛି।ହାଇଦ୍ରାବାଦର ହରିଶ ରେଡ୍ଡୀ ନାମକ ଜଣେ ଶ୍ରଦ୍ଧାଳୁ ଶ୍ରୀସାଇଲମ ମନ୍ଦିର ଯାଇଥିଲେ। ଠାକୁର ଦର୍ଶନ କରିବା ପରେ ସେ ସେଠାକାର ପ୍ରସିଦ୍ଧ ପୁଲିହୋରା ପ୍ରସାଦ ସେବନ କରିଥିଲେ। ଏହି ସମୟରେ ପ୍ରସାଦ ଭିତରୁ ହାଡ ଖଣ୍ଡ ବାହାରିଥିଲା। ଏହା ପରେ ସେ ତୁରନ୍ତ ମନ୍ଦିରର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ କାର୍ଯ୍ୟାଳୟରେ ପ୍ରମାଣ ସହ ଲିଖିତ ଅଭିଯୋଗ କରିଥିଲେ।

## ଓଡିଶାରେ ଏଥର ନିଶ୍ଚିତ ସରକାର ଗଠନ କରିବ ବିଜେପି



ଭୁବନେଶ୍ୱର,୧୧।୨(ପି.ଏନ): ଓଡିଶାରେ ଏଥର ନିଶ୍ଚିତ ସରକାର ଗଠନ କରିବ ବିଜେପି। ଏନେଇ ଦୃଢୋକ୍ତି ପ୍ରକାଶ କରିଛନ୍ତି ବିଜେପିର ନିର୍ବାଚନ ପ୍ରଭାରୀ ବିଜୟ ପାଲ ସିଂ ତୋମାର ଓ ସହ ପ୍ରଭାରୀ ଲତା ଉସେଣ୍ଡି। ନିର୍ବାଚନ ପ୍ରଭାରୀ ବିଜୟ ପାଲ ସିଂ ତୋମାର କହିଛନ୍ତି ଓଡ଼ିଶାରେ ହେବ ଡବଲ ଇଞ୍ଜିନ ସରକାର। ୮୦ରୁ ଅଧିକ ବିଧାୟକ ଜିତିକି ଆସିବେ ଏବଂ ଲୋକସଭାରେ ୧୬ ରୁ ଅଧିକ ସାଂସଦ ଜିତିକି ଆସିବେ।ସେହିପରି ସହ ପ୍ରଭାରୀ ଲତା ଉସେଣ୍ଡି କହିଛନ୍ତି, ଜଗନ୍ନାଥଙ୍କ ଭୂମିକୁ ଆସି ବହୁତ ଖୁସି ଲାଗୁଛି। ଜଗନ୍ନାଥଙ୍କ ଭୂମିରେ ଏଥର ବିଜେପିର ହିଁ ସରକାର ହେବ। ସମଗ୍ର ଦେଶରେ ନରେନ୍ଦ୍ର ମୋଦି ଜୀ'ଙ୍କ ନେତୃତ୍ୱରେ ମହିଳାଙ୍କ ବହୁତ ବିକାଶ ମୂଳକ କାର୍ଯ୍ୟ ହୋଇଛି। ମହିଳାମାନେ ଆମ ସହିତ ଅଛନ୍ତି। ଓଡ଼ିଶାରେ ମଧ୍ୟ ବିଜେପି ସରକାର ଆଣିବାରେ ମହିଳାମାନଙ୍କର ସବୁଠୁ ବଡ଼ ଅବଦାନ ରହିବ। ବିଜେପି ଓଡ଼ିଶାରେ ଏକାକୀ ଲଢ଼ିବ ଓ ସରକାର ଗଢିବା ପାଇଁ ଲଢ଼ିବ। ରାମ ମନ୍ଦିର ପ୍ରଭାବ ଓଡିଶାରେ ମଧ୍ୟ ପଡିବ ।ଆମେ ଏଠି ସରକାର ଗଢିବାରେ ସମର୍ଥ ହେବୁ ବୋଲି ଲତା ଉସେଣ୍ଡି କହିଛନ୍ତି।

## ବିଶିଷ୍ଟ ସାହିତ୍ୟିକ ସାତକଡି ହୋତାଙ୍କ ପରଲୋକ



ଭୁବନେଶ୍ୱର,୧୧।୨(ପି.ଏନ): ବିଶିଷ୍ଟ ସାହିତ୍ୟିକ, ପ୍ରଶାସକ ତଥା 'ସମୟ' ଖବର କାଗଜର ମୁଖ୍ୟ ସମ୍ପାଦକ ସାତକଡି ହୋତାଙ୍କର ଆଜି ପରଲୋକ ହୋଇଯାଇଛି। ଭୁବନେଶ୍ୱରର ନୟାପଲ୍ଲୀ ସ୍ଥିତ ତାଙ୍କ ବାଡ ଝିଅଙ୍କ ଘରେ ସେ ଶେଷ ନିଃଶ୍ୱାସ ତ୍ୟାଗ କରିଛନ୍ତି। ମୃତ୍ୟୁ ବେଳକୁ ତାଙ୍କୁ ୯୫ ବର୍ଷ ହୋଇଥିଲା।ଦୁଇ ଦିନ ତଳୁ ସାତକଡି ହୋତାଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡି ଯାଇଥିଲା। ସେ ଖାଇବା ଛାଡି ଦେଇଥିଲେ। ଆଜି ସକାଳେ ସେ ନିଃଶ୍ୱାସ ନେବାରେ କଷ୍ଟ ଅନୁଭବ କରିଥିଲେ। ଆଉ ଦିନ ୧୨ଟା ୨୫ ମିନିଟ୍ ?ରେ ତାଙ୍କର ଦେହାନ୍ତ ହୋଇଥିଲା। ମୃତ୍ୟୁଶଯ୍ୟା ନିକଟରେ ତାଙ୍କର ଦୁଇ ପୁଅ ଓ ଦୁଇ ଝିଅଙ୍କ ସମେତ ଅନ୍ୟ ସଂପର୍କୀୟମାନେ ଉପସ୍ଥିତ ଥିଲେ। ତାଙ୍କ ମଝିଆଁ ପୁଅ ଚେନ୍ନାଇରୁ ଆସିବା ପରେ ଆଜି ସନ୍ଧ୍ୟାରେ ପୁରୀ ସ୍ୱର୍ଗଦ୍ୱାରରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯିବ ବୋଲି ଜଣାପଡିଛି। ଗଳ୍ପ, ଉପନ୍ୟାସ, କବିତା, ଅନୁବାଦ ଆଦି ସାହିତ୍ୟର ବିଭିନ୍ନ କ୍ଷେତ୍ରରେ ସେ ଲେଖନୀ ଚାଳନା କରିଥିଲେ। ସାତକଡ଼ିଙ୍କର ୨୭ଟି ଗଳ୍ପ, ୨୧ଟି ଉପନ୍ୟାସ ଓ ଗୋଟିଏ କବିତା ବହି ପ୍ରକାଶ ପାଇଥିଲା। କବିତାରୁ ସେ ନିଜ ସାହିତ୍ୟ ସର୍ଜନା ଆରମ୍ଭ କରିଥିଲେ। ୧୯୬୭ରେ ତାଙ୍କର ପ୍ରଥମ ଉପନ୍ୟାସ 'ବ୍ୟାକୁଳ ହୃଦୟ' ପ୍ରକାଶ ପାଇଥିଲା।

## ସ୍କୁଲ୍ କାନ୍ଥରେ ଲେଖା ହେବ ମଧ୍ୟାହ୍ନ ଭୋଜନ ତଥ୍ୟ, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଚିଠି

ଭୁବନେଶ୍ୱର,୧୧।୨(ପି.ଏନ): ସମସ୍ତ ସ୍କୁଲ୍ କାନ୍ଥରେ ରହିବ ମଧ୍ୟାହ୍ନ ଭୋଜନ ତଥ୍ୟ । ଏଥିସହ ଉଲ୍ଲେଖ ହେବ ଜରୁରୀକାଳୀନ ସେବା ପ୍ରଦାନକାରୀ ସଂସ୍ଥାର ଫୋନ୍ ନମ୍ବର । ଶିକ୍ଷାର୍ଥୀଙ୍କ ପାଇଁ ଲେଖାହେବ ପାଞ୍ଚ ନିୟମ । ଏନେଇ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ସମସ୍ତ ସ୍କୁଲ୍ ପ୍ରଧାନ ଶିକ୍ଷକଙ୍କୁ ଚିଠି କରାଯାଇଛି । ଏହାଫଳରେ ଶିକ୍ଷାର୍ଥୀମାନେ ନିଜ ଅଧିକାର ବିଷୟରେ ଜାଣିପାରିବେ । ସରକାର ପ୍ରଦାନ କରୁଥିବା ସମସ୍ତ ଯୋଜନାକୁ କାନ୍ଥରେ ଉଲ୍ଲେଖ କରିବେ ସ୍କୁଲ୍ କର୍ତ୍ତୃପକ୍ଷ । ମଧ୍ୟାହ୍ନ ଭୋଜନ ବ୍ୟବସ୍ଥାର ସମସ୍ତ ତଥ୍ୟକୁ ଉଲ୍ଲେଖ କରାଯିବ । କେଉଁ ଦିନ କେଉଁ ଖାଦ୍ୟ ପିଲାଙ୍କୁ ଦିଆଯାଉଛି ତାର ଏକ ସାପ୍ତାହିକ ଚାର୍ଟ ସ୍କୁଲ୍ କାନ୍ଥରେ ରହିବ । ଏହା ଦ୍ୱାରା ପିଲାମାନେ ଜାଣିପାରିବେ ତାଙ୍କୁ କେଉଁ ବାର କଣ ଖାଇବାକୁ ମିଳିବ । ଏଥିସହ ଏହି ଖାଦ୍ୟରୁ କେତେ ପରିମାଣର କ୍ୟାଲେରୀ ଗ୍ରହଣ କରିବେ ପିଲା ତାକୁ ମଧ୍ୟ ଉଲ୍ଲେଖ କରାଯିବ । ପ୍ରୋଟିନ୍ ମାତ୍ରା କେତେ ରହିବ ତାକୁ ମଧ୍ୟ ଲେଖାଯିବ । ପ୍ରଥମରୁ ଅଷ୍ଟମ ଶ୍ରେଣୀ ପିଲାଙ୍କୁ ଦିଆଯାଉଥିବା ମଧ୍ୟାହ୍ନ ଭୋଜନର ଏକ ତାଲିକା ସୋମବାରରୁ ଶନିବାର ପର୍ଯ୍ୟନ୍ତ ଲେଖାଯିବ। ଏଥିରେ ଉଭୟ ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ପିଲାଙ୍କ ପାଇଁ କ୍ୟାଲୋରୀ ଓ ପ୍ରୋଟିନ୍‌ର ପରିମାଣକୁ ମଧ୍ୟ ଲେଖାଯିବ । ସପ୍ତାହକୁ ଜଣେ ପ୍ରାଥମିକ ପିଲା ପିଛା ୪୯୩.୬ (୪୫୦ ଗ୍ରାମ) କ୍ୟାଲୋରୀ ଏବଂ ୧୩.୮ (୧୨ ଗ୍ରାମ)ର ପ୍ରୋଟିନ୍ ଗ୍ରହଣ କରିବେ । ସେହିପରି ଜଣେ ଉଚ୍ଚ ପ୍ରାଥମିକ ସ୍କୁଲ୍ ପିଲା ସପ୍ତାହକୁ ୭୨୮.୬୭ (୭୦୦ ଗ୍ରାମ)ର କ୍ୟାଲେରୀ ଏବଂ ୨୦.୫ (୨୦ ଗ୍ରାମ)ର ପ୍ରୋଟିନ୍ ଗ୍ରହଣ କରିବେ । ସ୍କୁଲ୍ କାନ୍ଥରେ ସ୍କୁଲ୍ ? ଷ୍ଟୁଡେଣ୍ଟ ହେଲ୍‌ପ ଲାଇନ୍ ନମ୍ବର ୧୮୦୦୩୪ ୫୬୭୨୨କୁ ଲେଖାଯିବ । ନିକଟସ୍ଥ ଡାକ୍ତରଖାନା ନମ୍ବର, ଆମ୍ବୁଲାନ୍ସ ନମ୍ବର, ଦମକଳ କେନ୍ଦ୍ର ନମ୍ବର, ପୋଲିସ ଷ୍ଟେସନ୍ ନମ୍ବର, ନିକଟସ୍ଥ ଆର୍‌ଡବ୍ଲ୍ୟୁଏସ୍‌ଏସ୍‌ଏ କିମ୍ବା ପିଡବ୍ଲ୍ୟୁଡି ନମ୍ବରକୁ ଉଲ୍ଲେଖ କରାଯିବ । ପଞ୍ଚ ନିୟମରେ ଲେଖାଯିବ, ନିରାପଦ, ସ୍ୱଚ୍ଛ ଓ ସ୍ୱାସ୍ଥ୍ୟକର ପରିବେଶ । ନିରାପଦା, ପୁଷ୍ଟିକର ଭୋଜନ ରନ୍ଧନ ଓ ପରିବେଷଣ । ଖାଇବା ପୂର୍ବରୁ ଏବଂ ପରେ ହାତ ଧୋଇବା । ଲିଙ୍ଗଗତ, ସାମାଜିକ ବାଛ ବିଚାର ଦୂରୀକରଣ ଏବଂ ନିରାପଦ। ପାନୀୟ ଜଳର ବ୍ୟବସ୍ଥାକୁ ପଞ୍ଚ ନିୟମରେ ଉଲ୍ଲେଖ କରାଯିବ ।

## ଭୁବନେଶ୍ୱର ଲୋକସଭା ଆସନରେ କିଏ ବାଜିମାତ୍ କରିବ: ବିଜେଡି ନା ବିଜେପି



ଭୁବନେଶ୍ୱର,୧୧।୨(ପି.ଏନ) : ଗତ ୨୦୧୯ ବିଧାନସଭା ନିର୍ବାଚନରେ ରାଜଧାନୀର ଉତ୍ତର, ମଧ୍ୟ ଓ ଏକାମ୍ର ତିନୋଟି ବିଧାନସଭା ଆସନକୁ ବିଜେଡି କବଜା କରିଥିଲା । ମାତ୍ର ଲୋକସଭା ଆସନରେ ବିଜେପି ପ୍ରାର୍ଥୀ ଅପରାଜିତା ଷଡଙ୍ଗୀଙ୍କ ଆଗରେ ବିଜେଡି ପ୍ରାର୍ଥୀ ଅରୁପ ପଟ୍ଟନାୟକଙ୍କୁ ପରାଜୟର ସାମ୍ନା କରିବାକୁ ପଡିଥିଲା । ତେଣୁ ଅତୀତର ତ୍ରୁଟିକୁ ସୁଧାରି ଏଥର ବିଜେପି ଭୁବନେଶ୍ୱର ସଂସଦୀୟ କ୍ଷେତ୍ରକୁ କବଜା କରିବା ଲକ୍ଷ୍ୟରେ ରହିଛି । ଏଥର ବିଜେଡି ଉଭୟ ଲୋକସଭା ଓ ବିଧାନସଭା ଲଢ଼େଇରେ ଅଧିକ ଆସନ ଅକ୍ତିଆର ଲକ୍ଷ୍ୟରେ ରହିଛି । ଏଥିସହିତ ରାଜଧାନୀରେ କିପରି ଅପରାଜିତାଙ୍କୁ ଚେକ୍ ଦିଆଯିବ ସେଥିପାଇଁ ଦଳ ଜଣେ ଦକ୍ଷ ମହିଳା ନେତ୍ରୀଙ୍କୁ ଆଗକୁ ଆଣିଛି । କିଛିମାସ ପୂର୍ବରୁ ଭୁବନେଶ୍ୱର ସଂସଦୀୟ କ୍ଷେତ୍ର ପାଇଁ ସୁପ୍ରିମୋ ନବୀନ ପଟ୍ଟନାୟକ ଶ୍ରୀମୟୀ ମିଶ୍ରଙ୍କୁ ନିଯୁକ୍ତି ଦେଇଥିଲେ । ଶ୍ରୀମୟୀଙ୍କୁ ନୂଆ ଦାୟିତ୍ୱ ମିଳିବା ପରେ ରାଜଧାନୀର ରାଜନୈତିକ ମହଲରେ ଏକ ବଡ ଚର୍ଚ୍ଚା ଆରମ୍ଭ ହୋଇଯାଇଛି । ପୂର୍ବରୁ ମେୟର ନିର୍ବାଚନରେ ଅପରାଜିତାଙ୍କ ଦବଦବାକୁ ରୋକିବା ପାଇଁ ଦଳ ସୁଲୋଚନା ଦାସଙ୍କୁ ପ୍ରାର୍ଥୀ କରିଥିବା ବେଳେ ଏବେ ଶ୍ରୀମୟୀଙ୍କୁ ଆଗକୁ ଆଣି ବିଜେଡି କେତେଦୂର ସଫଳ ହେଉଛି ତା' ଉପରେ ଏବେ ସଭିଙ୍କ ନଜର ।ତେବେ ଶ୍ରୀମୟୀଙ୍କ ନୂଆ ନିଯୁକ୍ତିକୁ ଦୁଇ ଦିନ ନ ପୂରୁଣୁ ଅପରାଜିତା–ଶ୍ରୀମୟୀଙ୍କ ମଧ୍ୟରେ କଥା କଟାକଟି ଆରମ୍ଭ ହୋଇଯାଇଥିଲା । ଅପରାଜିତା ସିଧାସଳଖ ଭାବେ ରାଜ୍ୟ ସରକାରଙ୍କ ଉପରେ ଆକ୍ରମଣ କରିଥିବା ବେଳେ ୨୦୧୯ ସାଧାରଣ ନିର୍ବାଚନ ସମୟରେ ଅପରାଜିତା ଦେଇଥିବା ପ୍ରତିଶ୍ରୁତି କୁଆଡ ? ଗଲା ବୋଲି ଶ୍ରୀମୟୀ ପ୍ରଶ୍ନ କରିଥିଲେ

## ଭ୍ୟାନକୁ ଧକ୍କା ଦେଲା କୋଇଲା ଟ୍ରକ୍: ୪ ଜଣଙ୍କ ମୃତ୍ୟୁ, ୯ ଜଣ ଗୁରୁତର ହସ୍ପିଟାଲରେ ଭର୍ତ୍ତି

ଭୁବନେଶ୍ୱର,୧୧।୨(ପି.ଏନ): ଭଦ୍ରକର ଅରଡି ସଡକ ଦୁର୍ଘଟଣାରେ ଜଣଙ୍କ ମୃତ୍ୟୁ ଘଟିବା ସହିତ ୬ ଜଣ ଆହତ ହୋଇଥିବା ବେଳେ ପୁଣି ଆସିଛି ଆଉ ଏକ ବଡ ଦୁର୍ଘଟଣା ଖବର । ପୁଣି ଏକ ସଡକ ଦୁର୍ଘଟଣାରେ ୪ ଜଣଙ୍କ ମୃତ୍ୟୁ ଘଟିଛି । ଏଥିସହିତ ୯ ଜଣ ଗୁରୁତରଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି । ଏକ ଭ୍ୟାନକୁ ଏକ କୋଇଲା ଟ୍ରକ ଧକ୍କା ଦେବା ଫଳରେ ଏହି ଦୁର୍ଘଟଣା ଘଟିଥିଲା ।ସୂଚନା ମୁତାବକ, ଝାରସୁଗୁଡା ଜିଲ୍ଲାରୁ ଆସିଛି ଏଭଳି ଏକ ଦୁର୍ଘଟଣାଜନିତ ଖବର । ଜିଲ୍ଲାର ଲଖନପୁର ବ୍ଲକ ଅନ୍ତର୍ଗତ ବେହେରାଗୁଡା ରାସ୍ତାରେ ଏଭଳି ଏକ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି । ଏହି ଦୁର୍ଘଟଣାରେ ୪ ଜଣ ଯାତ୍ରୀଙ୍କର ମୃତ୍ୟୁ ଘଟିବା ସହିତ ୯ ଜଣ ଗୁରୁତର ହୋଇଛନ୍ତି । ସମସ୍ତ ଗୁରୁତରଙ୍କୁ ଜିଲ୍ଲା ମୁଖ୍ୟ ହସ୍ପିଟାଲରେ ଭର୍ତ୍ତି କରାଯାଇଛି । ଭ୍ୟାନଟି ଯାତ୍ରୀଙ୍କୁ ଧରି ବେଲପାହାଡ ଅଭିମୁଖେ ଯାଉଥିବା ସମୟରେ ଅଚାନକ ଏକ କୋଇଲା ବୋଝେଇ ଟ୍ରକ ଧକ୍କା ଦେଇଥିଲା ।

## ପ୍ରଗମନ ସଫଳତା ପାଇଁ ରାଜ୍ୟବାସୀଙ୍କ କୃତଜ୍ଞତା ଜ୍ଞାପନ କଲେ ପିସିସି ସଭାପତି ଶରତ ପଟ୍ଟନାୟକ




ଭୁବନେଶ୍ୱର, ୧୧।୨(ପି.ଏନ) : ରାଜ୍ୟରେ କଂଗ୍ରେସ ପ୍ରତି ବଢୁଛି ସମର୍ଥନ, କଂଗ୍ରେସ ଟିକେଟ ପାଇଁ ଆଶାୟୀଙ୍କ ମଧ୍ୟରେ ଅପୂର୍ବ ଉତ୍ସାହ ଦେଖାଦେଇଛି। ୨୦୧୯ ନିର୍ବାଚନରେ ୧୪୭ ବିଧାନସଭା ପାଇଁ ୪୩୫ ଜଣ ଓ ୨୧ ଲୋକସଭା ଆସନ ପାଇଁ ୭୦ ଜଣ ଆଶାୟୀ ଆବେଦନ କରିଥିଲେ। ତେବେ ଚଳିତ ୨୦୨୪ ସାଧାରଣ ନିର୍ବାଚନ ପାଇଁ ୧୪୭ ବିଧାନସଭା କ୍ଷେତ୍ରରୁ ୨୫୦୦ରୁ ଅଧିକ ଓ ୨୧ ଲୋକସଭା ଆସନ ପାଇଁ ୬୭୦ ରୁ ଅଧିକ ଆଶାୟୀ ପାର୍ଥୀ ଆବେଦନ କରିଛନ୍ତି। କଂଗ୍ରେସ ଗଣତାନ୍ତ୍ରିକ ପଦ୍ଧତିରେ ପ୍ରାର୍ଥୀ ବାଛିବା ଓ ଟିକେଟରେ ସ୍ୱଚ୍ଛତା ଆଣିବା ପାଇଁ ଗତ ତା. ୦୪/୦୨/୨୦୨୪ ରେ ପ୍ରଗମନ ଦ୍ୱାରା ଟିକେଟ ଆବେଦନ କରିବା ଲାଗି ଦଳ ପକ୍ଷରୁ ଏକ ନୂତନ ଅଭିଯାନ ଆରମ୍ଭ କରାଯାଇଥିଲା। ଏହି ପଦ୍ଧତିକୁ ଆଦର କରିଛନ୍ତି ରାଜ୍ୟର ଅନେକ ଆଶାୟୀ ପାର୍ଥୀ। ଏଥିପାଇଁ ରାଜ୍ୟବାସୀଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି ପିସିସି ସଭାପତି ଶ୍ରୀ ଶରତ ପଟ୍ଟନାୟକ। କଂଗ୍ରେସ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ପଟ୍ଟନାୟକ କହିଛନ୍ତି ଯେ ରାଜ୍ୟ ଓ କେନ୍ଦ୍ରରେ ଶାସନ କରୁଥିବା ଉଭୟ ବିଜେଡ଼ି ଓ ବିଜେପି ଦଳରେ ଗଣତାନ୍ତ୍ରିକ ବ୍ୟବସ୍ଥା ଓ ଟିକେଟ ବଂଟନରେ ସ୍ୱଚ୍ଛତା ନାହିଁ। କିନ୍ତୁ କଂଗ୍ରେସ ଗଣତାନ୍ତ୍ରିକ ପଦ୍ଧତିରେ ଟିକେଟ ବଂଟନକୁ ଗ୍ରହଣ କରେ, ଏହି ଆଧାରରେ କାର୍ଯ୍ୟକ୍ରମ ଚାଲିଛି ଏବଂ ଆସନ୍ତା ଫେବୃଆରୀ ୧୪ ତାରିଖରେ ପ୍ରଗମନ ଦ୍ୱିତୀୟ ପର୍ଯ୍ୟାୟରେ କାର୍ଯ୍ୟକ୍ରମ ଆରମ୍ଭ ହେବ। କଂଗ୍ରେସ ପୂର୍ବରୁ ବ୍ଲକ ସଭାପତି ଓ ଜିଲ୍ଲା ସଭାପତିଙ୍କ ଜରିଆରେ ଆଶାୟୀଙ୍କ ରିପୋର୍ଟ ସଂଗ୍ରହ କରିଥିଲା। ଏହି ସବୁ ରିପୋର୍ଟକୁ ଭିତି କରି ପ୍ରଦେଶ ଇଲେକ୍‌ସନ କମିଟି ବୈଠକ ବସିବ। ଏଆଇସିସି ସ୍କ୍ରିନିଙ୍ଗ୍ କମିଟି ମଧ୍ୟ ଆଶାୟୀ ପାର୍ଥୀମାନଙ୍କୁ ଯାଂଚ କରିବ ଓ ପରେ କଂଗ୍ରେସର କେନ୍ଦ୍ରୀୟ ନିର୍ବାଚନ କମିଟି ଚୂଡାନ୍ତ ପାର୍ଥୀ ତାଲିକା ଘୋଷଣା କରିବ।'ପ୍ରଗମନ'ର ଅଧ୍ୟକ୍ଷ ପ୍ରବୀଣ ପାଠକ ସାମ୍ବାଦିକମାନଙ୍କୁ ପ୍ରଶ୍ନର ଉତର ଦେଇ କହିଥିଲେ ଯେ ଏହି ପ୍ରୋଜେକ୍ଟକୁ କଂଗ୍ରେସ ପ୍ରଥମ ଥର ପାଇଁ ମଧ୍ୟପ୍ରଦେଶର ଗ୍ୱାଲିୟରରେ ପ୍ରୟୋଗ କରିଥିଲା ଓ ମେୟର ନିର୍ବାଚନରେ ସଫଳତା ସ୍ୱରୁପ ମେୟର ପ୍ରାର୍ଥୀ ବିଜୟ ଲାଭ କରିଥିଲେ। ଏହି ସଫଳତାକୁ ଆଧାର କରି ଓଡ଼ିଶାରେ କଂଗ୍ରେସ ଆଗକୁ ବଢ଼ିବ ଓ ଆସନ୍ତା ୨୦୨୪ ସାଧାରଣ ନିର୍ବାଚନରେ କଂଗ୍ରେସ ବିଜୟ ହାସଲ କରି ସରକାର ଗଢ଼ିବ ବୋଲି ଶ୍ରୀ ପାଠକ କହିଥିଲେ। ରାଜ୍ୟ କଂଗ୍ରେସ ସହପ୍ରଭାରୀ କ୍ରିଷ୍ଟୋଫର ତିଲକ କହିଥିଲେ କଂଗ୍ରେସ ନୂଆ ପ୍ରଯୁକ୍ତି ବିଦ୍ୟା ଆପଣାଇଛି। ପୂର୍ବରୁ କମ୍ପ୍ୟୁଟର ଆଧାରର ସଫଳତା ଦୋହରାଇବା ସହ ପ୍ରଗମନ ଆଗାମୀ ସରକାର ଗଢ଼ିବାରେ ସହାୟକ ହେବ। ସମୟ ସହିତ ନୂଆ ଟେକ୍ନୋଲୋଜି ଆପଣାଇ ଦଳକୁ ବିଜୟ କରିବା କଂଗ୍ରେସର ମୂଳ ଲକ୍ଷ। ଆଜିର ଏହି ସାମ୍ବାଦିକ ସମ୍ମିଳନୀରେ ପିସିସି ଗଣମାଧ୍ୟମ ଓ ଯୋଗାଯୋଗ ବିଭାଗର ଅଧ୍ୟକ୍ଷ ଡ. ବିଶ୍ୱରନ ମହାନ୍ତି ଉପସ୍ଥିତ ଥିଲେ।

## ଏକାଦଶାହ ଉପଲକ୍ଷେ ଶ୍ରଦ୍ଧାଞ୍ଜଳି



ଁ ନିରଞ୍ଜନ ଶତପଥୀ

ନରସିଂହପୁର, ପଟ୍ଟାମୁଣ୍ଡାଇ, କେନ୍ଦ୍ରାପଡ଼ା

ତିରୋଧାନ : ୦୨.୦୨.୨୦୨୪

ଆଜି ଏକାଦଶାହରେ ଆମେ ସମସ୍ତେ ଆପଣଙ୍କ ଅମର ଆତ୍ମା ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରୁଛୁ। ଈଶ୍ୱରଙ୍କୁ ଆନ୍ତରିକ ପ୍ରାର୍ଥନା କରୁଛୁ ଆପଣଙ୍କ ଆତ୍ମା ପରମ ଶାନ୍ତି ଓ ସଦ୍‌ଗତି ଲାଭ କରୁ ।

ନିହାର-ମିନତୀ, ନିକୁଞ୍ଜ,ନିର୍ମଳ, ନିଶିତ, ନିରୋଜ, ବୋହୂ, ଝିଅ, ଜ୍ୱାଇଁ, ନାତି ନାତୁଣୀ ଓ ପରିବାର ବର୍ଗ ।








# ଟି ଟାଇମ୍

## ବର ମାରେ ୩ଥର ଶର



ବିଭିନ୍ନ ଦେଶରେ ଭିନ୍ନ ଭିନ୍ନ ଜାତିର ଲୋକ ବାସ କରନ୍ତି । ଏଥିପାଇଁ ସମସ୍ତଙ୍କର ରୀତିନୀତି ମଧ୍ୟ ଭିନ୍ନ ଭିନ୍ନ । ବିବାହ ସମୟରେ ପାଳନ କରାଯାଉଥିବା ପରମ୍ପରା ମଧ୍ୟ ଅନେକ ପ୍ରକାର ରହିଥାଏ । ବିବାହକୁ ନେଇ ଚୀନ୍‌ରେ ଏକ ଭିନ୍ନ ପରମ୍ପରା ରହିଛି । ଚୀନ୍‌ର ୟୁଗୁର ସମ୍ପ୍ରଦାୟରେ ଦୁଇ ଦିନ ପର୍ଯ୍ୟନ୍ତ ଚାଲିଥିବା ଏହି ବିବାହ ମହୋତ୍ସବରେ ପ୍ରଥମେ ପ୍ରଥମେ ବଡ଼ ଧୁମ୍‌ଧାମ୍‌ରେ ବର ବଧୂଙ୍କର ବିବାହ କରାଯାଇଥାଏ । ପରେ ଏଠାରେ ରୀତିନୀତି ଅନୁସାରେ ବରକୁ ତିନିଥର ନିଜ ବଧୂକୁ ଧନୁଶରରେ ମାରିବାକୁ ପଡିଥାଏ । ଭଲକଥା ଏହା ହେଉଛି କି ତୀରର ଅଗ୍ରଭାଗରେ ଲାଗିଥିବା ଲୁହାକୁ କଢାଯାଇଥାଏ । କାରଣ ଏହାଫଳରେ ବଧୂ କିମ୍ବା ଅନ୍ୟ କାହାରିକୁ ଆଘାତ ନଲାଗେ । ଏହାପରେ ବର ଏହି ତୀର ଏବଂ ଧନୁକୁ ଭାଙ୍ଗି ଦେଇଥାଏ । ଏସବୁ ଏଥିପାଇଁ କରାଯାଇଥାଏ କାରଣ ବର ଏବଂ ବଧୂ ବୈବାହିକ ଜୀବନ ସୁଖମୟ ହେବା ସହିତ ସମ୍ପର୍କ ମଜଭୁତ ହୋଇଥାଏ ।

## ମଧୁମେହଜନିତ ଦୃଷ୍ଟିହୀନ ଚିକିତ୍ସାର ନୂଆ ଦିଗ

ମଧୁମେହ ଯୋଗୁଁ ଦୃଷ୍ଟିହୀନତାର ଶିକାର ହେଉଥିବା ରୋଗୀଙ୍କ ଦୃଷ୍ଟିଶକ୍ତି ଫେରାଇ ଆଣିବା ଦିଗରେ ଆମେରିକାର ଗବେଷକମାନେ ନୂଆ ଉପାୟ ବାହାର କରିଛନ୍ତି। ମଧୁମେହ ଯୋଗୁଁ ଚକ୍ଷୁର ଦୃଶ୍ୟପଟଳ (ରେଟିନା) ପ୍ରଭାବିତ ହୋଇ ରୋଗୀ ଦୃଷ୍ଟିଶକ୍ତି ହରାଇଥାଏ। ଦୁର୍ବଳ ରକ୍ତ ଧମନୀରୁ



ରକ୍ତ କିମ୍ବା ଫ୍ଲୁଇଡ ନିର୍ଗତ ହୋଇ ରେଟିନାକୁ କ୍ଷତି ପହଞ୍ଚାଇଥାଏ। ଚକ୍ଷୁର ରକ୍ତ ଧମନୀକୁ (ଲେଜର ସିଲିଂ) ପ୍ରୋଟିନ ଚର୍ବିର ଆବରଣ ଦ୍ୱାରା ସୁରକ୍ଷିତ ରଖିବା ସହିତ ଏହାକୁ ପରିବର୍ତ୍ତନ କରାଗଲେ ଦୃଷ୍ଟିଶକ୍ତି ଫେରିପାରିବ। ଆମେରିକାର ଏକ ଜର୍ଣ୍ଣାଲରେ ପ୍ରକାଶ ପାଇଥିବା ତଥ୍ୟ ଅନୁଯାୟୀ ଜନ ହପକିନ୍ସ ବିଶ୍ୱବିଦ୍ୟାଳୟ ଓ ୟୁନିଭରସିଟି ଅଫ ମେରିଲାଣ୍ଡର ଗବେଷକମାନେ ଏହି ସଫଳତା ପାଇଛନ୍ତି। ଆମେରିକାର ୪୫% ମଧୁମେହ ରୋଗୀ ଦୃଷ୍ଟିହୀନତାର ଶିକାର ହୋଇଥାନ୍ତି। ଲେଜର ସିଲିଂ ଦ୍ୱାରା ଏହାର ଚିକିତ୍ସା କରାଯିବା ସମ୍ଭବ। ନିକଟରେ ବାହାର କରାଯାଇଥିବା କେତେକ ଔଷଧ ଯଥା ବେଭାସିଜୁମାବ, ରାନିବିଜୁମାବ ଓ ଆଫଲିବେରସେପ୍ଟ ଏହି ଚିକିତ୍ସା ପାଇଁ କିଛିଟା ସହାୟକ ହୋଇପାରିଛି।

## 'ବବି ଜାସୁସ୍'ର ସିକ୍ୱେଲ କରିବେ ଦୀୟା



ଅଭିନୟରୁ ପ୍ରଯୋଜନାରେ ପ୍ରବେଶ କରିଥିବା ଦୀୟା ମିର୍ଜା ୨୦୧୪ରେ ନିର୍ମାଣ କରିଥିଲେ ଫିଲ୍ମ 'ବବି ଜାସୁସ୍'। ଏହି ଫିଲ୍ମର ଲିଡ୍‌ରେ ରହିଥିଲେ ବିଦ୍ୟା ବାଲାନ୍। ଏହି କମେଡି ଡ୍ରାମା ଫିଲ୍ମଟି ବକ୍ସ ଅଫିସରେ ଭଲ ଆୟ କରିନଥିଲେ ମଧ୍ୟ ଦର୍ଶକଙ୍କ ଭଲ ପାଇବା ମିଳିଥିଲା। ଏବେ ଦୀୟା ଏହାର ସିକ୍ୱେଲ ନିର୍ମାଣ କରିବା ପାଇଁ ଯୋଜନା କରୁଛନ୍ତି ବୋଲି ଶୁଣିବାକୁ ମିଳିଛି। ନିକଟରେ ଏକ କାର୍ଯ୍ୟକ୍ରମରେ ଯୋଗ ଦେବା ସମୟରେ ଦୀୟା ଏହି ସୂଚନା ଦେଇଛନ୍ତି। ସେ କହିଛନ୍ତି, ସାଧାରଣତଃ ପୂର୍ବ ଫିଲ୍ମର ଆୟକୁ ନେଇ ଫିଲ୍ମର ସିକ୍ୱେଲ ନିର୍ମାଣ କରାଯାଇଥାଏ। କିନ୍ତୁ ଆମ ପୂର୍ବ ଫିଲ୍ମ ବକ୍ସ ଅଫିସରେ କମାଲ କରିନଥିଲେ ମଧ୍ୟ ଦର୍ଶକଙ୍କୁ ମନୋରଞ୍ଜନ କରିଥିଲା। ସେଥିପାଇଁ ଏହାର ସିକ୍ୱେଲ ନିର୍ମାଣ କରିବା ନେଇ ମନ ବଳାଇଛୁ। ଦୀୟାଙ୍କ ମୁହଁରୁ ଏହା ଶୁଣିବା ପରେ ଦେଖିବାକୁ ବାକି ରହିଲା କି ଏହାର ସିକ୍ୱେଲ ନିର୍ମାଣ କେବେ ଆରମ୍ଭ ହେଉଛି।

## ପୁରାଣ କାହାଣୀ

# ମା'କାଳୀ ଓ ରାମକୃଷ୍ଣ ପରମହଂସ



ହିନ୍ଦୁ ଧର୍ମରେ କାର୍ତ୍ତିକ ମାସକୁ ଧର୍ମର ମାସ ବୋଲି କୁହାଯାଏ । କାହିଁକିନା ଏହି ମାସରେ ନାନା ପର୍ବପର୍ବାଣି ପଡ଼ିଥାଏ ଓ ସମସ୍ତେ ଓଷା ବ୍ରତ କରି ପୁଣ୍ୟ ଅର୍ଜନ କରିବାକୁ ଚାହିଁଥାନ୍ତି । ଇତିମଧ୍ୟରୁ କାର୍ତ୍ତିକ ଅମାବାସ୍ୟା ଅନ୍ୟତମ । କାର୍ତ୍ତିକ ଅମାବାସ୍ୟାକୁ ବଡ଼ ଦୀପାବଳି ବୋଲି କୁହାଯାଏ । କାରଣ ଏହି ଦିନ ଲକ୍ଷ୍ମୀ ଓ ଗଣେଶଙ୍କୁ ପୂଜା କରାଯାଏ । ଏହି ଦିନ ମା'ଦୁର୍ଗାଙ୍କ ଚାମୁଣ୍ଡା ବା ଚଣ୍ଡି ରୂପ ଧାରଣ କରି ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦିଙ୍କୁ ବିନାଶ କରି ଦେବଗଣଙ୍କୁ ମୁକ୍ତ କରିଥିଲେ ଓ ଶାନ୍ତି ଫେରାଇ ଆଣିଥିଲେ । ଏଥିପାଇଁ ବାଣ, ରୋଷଣି ଓ ଦୀପାବଳିର ଉତ୍ସବ ମାଧ୍ୟମରେ ଏହି ପର୍ବ ପାଳନ କରାଯାଏ ।

ଚଣ୍ଡିପୁରାଣ ଓ ମାର୍କଣ୍ଡେୟ ପୁରାଣ ଅନୁଯାୟୀ ଶୁମ୍ଭ, ନିଶୁମ୍ଭ, ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦି ଅସୁରମାନେ ଦେବୀ ଦୁର୍ଗାଙ୍କୁ ଧରିବା ପାଇଁ ସୈନ୍ୟ ସାମନ୍ତ ଧରି ଆସିଥିଲେ । ସେମାନଙ୍କର ଦେବୀ ଦୁର୍ଗାଙ୍କ ସହ ଯୁଦ୍ଧ ମଧ୍ୟ ହେଲା । ସବୁ ରାକ୍ଷସ ମଧ୍ୟରେ ଥିବା ରକ୍ତବୀର୍ଯ୍ୟ ରାକ୍ଷସ ବ୍ରହ୍ମାଙ୍କଠାରୁ ବରଦାନ ପ୍ରାପ୍ତ କରିଥିଲା । ତା'ଶରୀରର ଗୋଟିଏ ରକ୍ତବିନ୍ଦୁ ଭୂମିଷ୍ଠ ହେଲେ ସେଥିରୁ ତା' ଭଳି ଅନେକ ରାକ୍ଷସ ଜନ୍ମନେବେ । ଏପରି ସ୍ଥଳରେ ରକ୍ତବୀର୍ଯ୍ୟର ଉତ୍ପାତକୁ ବିନାଶ କରିବା ପାଇଁ ମା'ଦୁର୍ଗା କାଳୀ ରୂପ ଧାରଣ କରିଥିଲେ ଓ ରକ୍ତବୀର୍ଯ୍ୟର ଗୋଟିଏ ବି ରକ୍ତ ବିନ୍ଦୁ ଭୂମିଷ୍ଠ ହେବାକୁ ଦେଇନଥିଲେ । ସେତେବେଳେ ସେ ଏତେ କ୍ଷୁବ୍ଧ ଥିଲେ ଯେ, ଯେପରି ସବୁ ସୃଷ୍ଟି ଧ୍ୱଂସ ପାଇଯିବ । ଏ ବିଷୟ ମହାଦେବ ଜାଣିପାରି ତାଙ୍କୁ ଅଟକାଇବା ପାଇଁ ତାଙ୍କ ସମ୍ମୁଖରେ ପଡ଼ିଗଲେ । ତଥାପି ସେ ରାଗରେ ଥିବାରୁ ମହାଦେବଙ୍କ ଉପରେ ପାଦ ରଖିଦେଇଥିଲେ । ଯେତେବେଳେ ସେ ଶିବଙ୍କୁ ତାଙ୍କ ପାଦ ତଳେ ଦେଖିବାକୁ ପାଇଲେ ସେତେବେଳେ ହଠାତ ଜିଭ କାମୁଡ଼ି ଦେଇଥିଲେ । ପରେ ସେ ପ୍ରକୃତିସ୍ଥ ଏବଂ ସ୍ଥିତପ୍ରଜ୍ଞ ହୋଇଗଲେ । ମା'ଙ୍କର ସେହି ମହାକାଳୀ ରୂପକୁ ଆଜିର ଦିନରେ ପୂଜା କରାଯାଏ । ସେହି ମା' ହିଁ ଆଦ୍ୟାଶକ୍ତି, ସେ ହିଁ ସୃଷ୍ଟି ଓ ପ୍ରଳୟ । ଯୁଗେ ଯୁଗେ ଦୁଷ୍ଟ ଶକ୍ତିକୁ ସଂହାର କରିବା ପାଇଁ ମା'କାଳୀ ରୂପ ଧାରଣ କରି ଧରା ପୃଷ୍ଠରେ ଅବତରଣ କରନ୍ତି।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍‌ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

# ସବୁଠାରୁ ଛୋଟିଆ ଗାଁ



ଦୁଇ ତିନି ଜଣ ଲୋକଙ୍କୁ ନେଇ ଗ୍ରାମ ଗଠିତ ହେବା କେବେ ଜାଣିଛନ୍ତି । ସେଭଳି ଏକ ଗ୍ରାମ ଦେଖିବାକୁ ମିଳିଛି ସ୍ପେନ୍‌ରେ । ବିଗତ ୪୫ବର୍ଷ ହେବ ସ୍ୱାମୀ-ସ୍ତ୍ରୀ ହିଁ ରହିଆସୁଛନ୍ତି ସେ ଗ୍ରାମରେ । ସ୍ପେନ୍‌ରେ ୧୯୩୬ ମସିହାରେ ଏକ ଗୃହଯୁଦ୍ଧ ଦ୍ୱାରା ହଜାର ହଜାର ସଂଖ୍ୟାର ଲୋକ ସହରକୁ ପଳାଇଥିଲେ । ସେତେବେଳେ ଏହି ଛୋଟ ଗ୍ରାମରେ କେବଳ ଏହି ଦମ୍ପତି ହିଁ ଏକଲା ରହିଯାଇଥିଲେ । ଏହି ଗ୍ରାମରେ ପୂର୍ବରୁ ପାଖାପାଖି ୨୦୦ଲୋକ ରହୁଥିଲେ । କିନ୍ତୁ ଏବେ ପୂରା ଗ୍ରାମରେ କେବଳ ଦୁଇ ଲୋକ ରହୁଛନ୍ତି । ଏହି ଦମ୍ପତି ହେଉଛନ୍ତି ୮୨ବର୍ଷୀୟ ସ୍ପେନିଆଡ୍ରସ ଜୁଆନ ମାର୍ଟିନ୍ ଏବଂ ୭୯ବର୍ଷୀୟା ସିନ୍‌ଫେରେସା କୋଲୋମର । ଏମାନଙ୍କ ପାଖରେ କିଛି ଡଜନ କୁକୁର ଏବଂ ବିଲେଇ ମଧ୍ୟ ରହିଛନ୍ତି । ଏହି ଦୁଇଜଣ ଚାଷ କରି ନିଜର ଗୁଜୁରାଣ ମେଣ୍ଟାନ୍ତି । ଏହି ଦମ୍ପତିଙ୍କ କାହାଣୀକୁ ନେଇ 'ଜଙ୍ଗଲ୍ସ ଇନ୍ ପ୍ୟାରିସ', ନାମକ ଏକ ଲଘୁ ଫିଲ୍ମ ମଧ୍ୟ ପ୍ରସ୍ତୁତ ହୋଇଗଲାଣି । ଦମ୍ପତିଙ୍କର ଗ୍ରାମ ସହିତ ଭାବନାତ୍ମକ ସମ୍ପର୍କ ଯୋଡ଼ି ହୋଇଯାଇଛି । ଯେଉଁ କାରଣରୁ ସେମାନେ ଗାଁ ଛାଡ଼ି କୁଆଡ଼େ ଯାଉନାହାନ୍ତି । ପୂର୍ବେ ଏ ଗ୍ରାମରେ ଜଣେ ମେୟର, ପୂଜାରୀ ଏବଂ ଶିକ୍ଷକ ସମସ୍ତେ ଥିଲେ । ଏକ ପ୍ରାକୃତିକ ଦୁର୍ବିପାକ ଘଟିବାରୁ ଅନେକ ମରିଗଲେ ଏବଂ ଅନେକ ସହରକୁ ଚାଲିଗଲେ, ସେବେଠାରୁ ସେ ଗାଁର ପୂର୍ବ ପରିସ୍ଥିତି ଫେରିନାହିଁ ।

# ଆସିୟୁରେ ହେଲା ବିବାହ



ପୁଣେ ସହରର ଏକ ଡାକ୍ତରଖାନା ଆସିୟୁରେ ବାହାଘର ସମ୍ପନ୍ନ ହେବା ସହରରେ ବଡ଼ ଚର୍ଚ୍ଚାର ବିଷୟ ପାଲଟିଛି। ଭେଣ୍ଟିଲେଟରରେ ମୃତ୍ୟୁ ସହ ସଂଗ୍ରାମ କରୁଥିବା ବାପାଙ୍କ ଶେଷ ଇଚ୍ଛା ପୂରଣ ପାଇଁ ପୁଅ ଏହି ପଦକ୍ଷେପ ନେଇଥିଲେ। ୩୪ବର୍ଷିୟ ଧାନେସ ଏନ୍.ଦେବ ପେଶାରେ ଜଣେ ବ୍ୟବସାୟୀ ହୋଇଥିଲା ବେଳେ ତାଙ୍କ ବାପାଙ୍କର ଇଚ୍ଛା ଥିଲା ଧାନେସ ଏବଂ ସୁବର୍ଣ୍ଣାଙ୍କ ବିବାହ ଦେଖିବେ। ବାହାଘର ପାଇଁ ସମସ୍ତ ପ୍ରସ୍ତୁତି ଚାଲିଥିଲା ବେଳେ ହଠାତ୍ ଅସୁସ୍ଥ ହୋଇପଡିଥିଲେ ଧାନେସଙ୍କ ବାପା ନନ୍ଦ କୁମାର ଦେବ। ତୁରନ୍ତ ନନ୍ଦ କୁମାରଙ୍କୁ ଦିନାନାଥ ମଙ୍ଗେସକର ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ହେଲେ ସେଠାରେ ତାଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ଭେଣ୍ଟିଲେଟରରେ ରଖାଯାଇଥିଲା। ବାପାଙ୍କ ସ୍ୱାସ୍ଥ୍ୟବସ୍ଥାକୁ ଦୃଷ୍ଟିରେ ରଖି ଧାନେସ ସୁବର୍ଣ୍ଣାଙ୍କ ପରିବାର ସହ ଡାକ୍ତରଖାନାରେ ବିବାହ କରିବା ସମ୍ପର୍କରେ ଆଲୋଚନା କରିଥିଲେ। ଦୁଇ ପରିବାରର ସହମତି ପରେ ଏହି ଇଚ୍ଛାକୁ ଡାକ୍ତରଖାନା କର୍ତ୍ତୃପକ୍ଷଙ୍କୁ ଅବଗତ କରାଯାଇଥିଲା। ଆଉ ଏଥିରେ କର୍ତ୍ତୃପକ୍ଷ ମଧ୍ୟ ସହମତି ଦେଇଥିଲେ। ଦୁଇ ପରିବାରର କିଛି ସଦସ୍ୟଙ୍କ ଉପସ୍ଥିତିରେ ଆଇସିୟୁ ଭିତରେ ନନ୍ଦ କୁମାରଙ୍କ ଆଗରେ ଧାନେସ୍ ବରଣମାଳା ପିନ୍ଧାଇଥିଲେ ସୁବର୍ଣ୍ଣାଙ୍କୁ। ବିବାହର ୧୨ଘଣ୍ଟା ପରେ ଆଖି ବୁଜିଥିଲେ ନନ୍ଦ କୁମାର।

# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶ୍ରୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ଫେବୃଆରୀ ୧୨

# ଭାରତ ରତ୍ନ : ଆମେ କ'ଣ ଅଯୋଗ୍ୟ ?



ସୌମ୍ୟସାଇ ସିଦ୍ଧାର୍ଥ

ଭାରତର ସର୍ବୋଚ୍ଚ ବେସାମରିକ ସମ୍ମାନ ହେଉଛି ଭାରତ ରତ୍ନ। ଏହା ଏକ ବହୁତ ବଡ଼ ସମ୍ମାନ ଓ ମର୍ଯ୍ୟାଦାର ପ୍ରଶ୍ନ। ମୁଣ୍ଡ ଉପରେ ନିର୍ବାଚନର ଘମାସନ ତେବେ ବିଗତ ୧୮ ଦିନ ଭିତରେ ଭାରତ ସରକାର ଏଇ ଭାରତ ରତ୍ନ ତାଲିକାରେ ପାଞ୍ଚଜଣଙ୍କ ନାମକୁ ବିଚାର କରି ସମ୍ବର୍ଦ୍ଧିତ ପାଇଁ ନିଷ୍ପତ୍ତି ନେଇଛନ୍ତି। ପ୍ରଥମେ ଗତ ମାସ ୨୩ରେ ବିହାରର ପୂର୍ବତନ ମୁଖ୍ୟମନ୍ତ୍ରୀ କର୍ପୂରୀ ଠାକୁର, ଚଳିତ ମାସ ୩ ତାରିଖରେ ପୂର୍ବତନ ଉପ ପ୍ରଧାନମନ୍ତ୍ରୀ ଲାଲକୃଷ୍ଣ ଆଡ଼ଭାନୀ ଓ ୯ ତାରିକରେ ପୂର୍ବତନ ପ୍ରଧାନମନ୍ତ୍ରୀ ଚୌଧୁରୀ ଚରଣ ସିଂହ, ପି.ଭି. ନରସିଂହରାଓ ଓ ସବୁଜ ବିପ୍ଳବର ଜନକ ଏମ୍.ଏସ. ସ୍ୱାମୀନଥାନ୍‌ଙ୍କ ନାମ ଘୋଷଣା ହୋଇଛି। ତେବେ ଆଶ୍ଚର୍ଯ୍ୟର ପ୍ରସଙ୍ଗ ଗତ ୨୫ବର୍ଷ ଧରି ଓଡ଼ିଶା ଦାବୀ କରି ଆସୁଥିବା ଭାରତ ରତ୍ନ ସମ୍ମାନ ଦାବୀକୁ କେନ୍ଦ୍ର ଅଣଦେଖା କରୁଛନ୍ତି। କିମ୍ବଦନ୍ତୀ ରାଜନେତା, ରାଷ୍ଟ୍ରନାୟକ, ବିଜୁ ବାବୁ, ପୂର୍ବତନ ମୁଖ୍ୟମନ୍ତ୍ରୀ ଉତ୍କଳ କେଶରୀ ଡକ୍ଟର ହରେକୃଷ୍ଣ ମହତାବ, ଉତ୍କଳ ଗୌରବ ମଧୁସୂଦନ ଦାସ ଓ ଉତ୍କଳମଣି ଗୋପବନ୍ଧୁଙ୍କୁ ଭାରତ ରତ୍ନ ପ୍ରଦାନ ପାଇଁ ଦାବୀ ରହିଛି। ସେହିପରି ଭାରତ ବର୍ଷର ସ୍ୱାଧୀନତା ପାଇଁ କ୍ରାନ୍ତିକାରୀ ବହ୍ନୀର ପ୍ରଜ୍ୱଳିତ ଶିଖା ପ୍ରଥମ ଶହୀଦ ଜୟୀରାଜଗୁରୁ, ପ୍ରଥମ ସ୍ୱାଧୀନତା ଆନ୍ଦୋଳନର କର୍ଣ୍ଣଧାର ବକ୍ସି ଜଗବନ୍ଧୁ ଓ ବୀର ସୁରେନ୍ଦ୍ର ସାଏଙ୍କ ନାମ ମଧ ରହିଛି। କିନ୍ତୁ କେଜାଣି କାହିଁ ଓଡ଼ିଶାବାସୀ ଏହି ବର୍ଷ ବର୍ଷର ସମ୍ମାନ ଓ ହକ୍‌ରୁ ବଞ୍ଚିତ ହେଉଛନ୍ତି। ଏହାର ଉତ୍ତର କୌଣସି ଓଡ଼ିଆ ପାଇପାରୁ ନାହାଁନ୍ତି। ଚଳିତ ଥର ପାଞ୍ଚ ପାଞ୍ଚ ଜଣଙ୍କର ନାମ ଘୋଷଣା ଭିତରେ କ'ଣ ଓଡ଼ିଶାର କୌଣସି ଯୋଗ୍ୟ ବ୍ୟକ୍ତିତ୍ୱ ମିଳିଲେ ନାହିଁ। ବିହାରର ପୂର୍ବତନ ମୁଖ୍ୟମନ୍ତ୍ରୀ କର୍ପୂରୀ ଠାକୁରଙ୍କୁ ଭାରତ ରତ୍ନ ପ୍ରଦାନ ପରେ ବିହାରର ମହାମେଣ୍ଟ ସରକାର ଭାଙ୍ଗିଗଲା। ଚୌଧୁରୀ ଚରଣ ସିଂହ ଜଣେ ମହାନ କୃଷକ ନେତା ଥିଲେ ଓ ସ୍ୱାମୀନାଥନଙ୍କ ପରି କୃତବିଦ୍ୟ କୃଷି ବିଶେଷଜ୍ଞଙ୍କୁ ସମ୍ବର୍ଦ୍ଧିତ କରି କେନ୍ଦ୍ର ସରକାର ଚାଷୀ ଆନ୍ଦୋଳନ ପାଇଁ ବଡ଼ ନିର୍ବାଚନୀ ଚାଲ ଖେଳିଲେ। ସେହିପରି ଚରଣ ସିଂହଙ୍କୁ ସମ୍ମାନ ଦେଇ ରାଷ୍ଟ୍ରୀୟ ଲୋକଦଳଙ୍କୁ ନିଜ ପଟକୁ ଆଣିବା ସହ ଇଣ୍ଡିଆ ମେଣ୍ଟଙ୍କୁ ବିଜେପି ଶକ୍ତିଶାଳୀ ଝଟକା ଦେଇଛି। ଏସବୁ ତ ରାଜନୀତିର କଥା। କିନ୍ତୁ ଅସଲ କଥା ହେଉଛି ଆମ କୃତବିଦ୍ୟ ଓଡ଼ିଆ ସନ୍ତାନମାନେ କେଉଁ ଅଯୋଗ୍ୟତାର ମାନଦଣ୍ଡରେ ଏଯାବତ୍ ଭାରତ ରତ୍ନ ପାଇବା ଟିକିଏ ପୁରୁଣା ଦିନକୁ ଯିବା। ୨୦୨୦ ମସିହାରେ ରାଜ୍ୟ ସଭାରେ ବିଜେଡ଼ି ସାଂସଦ ଅମର ପଟ୍ଟନାୟକ ଏହି ଦାବୀ ଉଠାଇଥିଲେ ଓ ୨୦୨୧ରେ ବିଧାନସଭାରେ ମଧ ସର୍ବସମ୍ମତ ଭାବେ ଏହି ଦାବୀ ଉଠିଥିଲା। ୨୦୧୪ରେ ଦଳର ୧୭ତମ ପ୍ରତିଷ୍ଠା ଦିବସରେ ସମସ୍ତ ସାଂସଦ ଓ ବିଧାୟକମାନେ ଏହି ଦାବୀ ଉଠାଇଥିଲେ। ୨୦୦୮ରେ ନବୀନ ବାବୁ କହିଥିଲେ ଯେ ବିଜୁବାବୁଙ୍କୁ ଭାରତ ରତ୍ନ ଦିଆଯିବା ପାଇଁ ବିଧିବଦ୍ଧ କେନ୍ଦ୍ର ଆଗରେ ଦାବୀ ଉଠାଯିବ। ପୂର୍ବ ସରକାର ତୁଳନାରେ କେନ୍ଦ୍ରର ନରେନ୍ଦ୍ର ମୋଦିଙ୍କ ସରକାରଙ୍କ ସହଯୋଗ ଓ ପର୍ଯ୍ୟାପ୍ତ ଅନୁଦାନରେ ଓଡ଼ିଶାର ଅନେକ କ୍ଷେତ୍ରରେ ବିକାଶ ହୋଇଛି କିନ୍ତୁ ବିଜେଡ଼ି କ'ଣ ପ୍ରକୃତରେ ଇଚ୍ଛା କରିଥିଲେ ଅନ୍ତତଃ ବିଜୁ ବାବୁଙ୍କ ପରି ବ୍ୟକ୍ତିତ୍ୱ ଭାରତ ରତ୍ନ ପାଇପାରିନଥାନ୍ତେ। ଭାରତ ରତ୍ନ ଏମାନଙ୍କ ବ୍ୟକ୍ତିତ୍ୱ ମାପକାଠି ଆଗରେ କିଛି ନୁହେଁ। କିନ୍ତୁ ମାତ୍ର ୧୮ ଦିନରେ ପାଞ୍ଚ ପାଞ୍ଚ ଜଣ ବିଭିନ୍ନ କ୍ଷେତ୍ରର ବ୍ୟକ୍ତିତ୍ୱଙ୍କୁ ଭାରତ ରତ୍ନ ମିଳିଥିବାବେଳେ ଓଡ଼ିଶାରେ କୌଣସି ଜଣଙ୍କ ବ୍ୟକ୍ତିତ୍ୱ ଓ ଆଦର୍ଶକୁ ସମ୍ମାନ ନ ମିଳିବା ଘୋର ପରିତାପର ବିଷୟ। ଭାରତ ରତ୍ନକୁ କୌଣସି ସରକାର ନିଜ ଦଳୀୟ ବା ଏକ ସଂକୀର୍ଣ୍ଣ ମନଚେତନାରେ ବ୍ୟବହାର କରିବା ଉଚିତ ନୁହେଁ କାରଣ ସମସ୍ତଙ୍କ ବ୍ୟକ୍ତିତ୍ୱ କେବଳ ସେଇ ଦଳ ପାଇଁ ନୁହେଁ ସମାଜ ଓ ରାଜନୀତିର ଉର୍ଦ୍ଧ୍ୱରେ ଦେଶ ପାଇଁ, ଅନ୍ୟ ମାନଙ୍କ ପାଇଁ ଆଲୋକବର୍ତ୍ତିକା ସାଜିଥାଏ। ତେଣୁ ଦଳ, ମତ, ନିର୍ବିଶେଷରେ ଏହି ଭାବନାଟା ଜାଗ୍ରତ ହେବା ଉଚିତ। ବିଳମ୍ବରେ ହେଲେ ମଧ ଓଡ଼ିଶାର ଉପରୋକ୍ତ ବରପୁତ୍ରଙ୍କ ନାମ ବିଚାର କରି ସେମାନଙ୍କ ବ୍ୟକ୍ତିତ୍ୱର ମହାନତାକୁ ସମ୍ମାନ ପୂର୍ବକ ତୁରନ୍ତ ଭାରତ ରତ୍ନ ପ୍ରଦାନ କରାଯାଉ।

*ଦୂରଭାଷ : ୬୩୭୦୩୩୮୩୦୪/ ୯୦୯୦୦୫୧୫୪୩*

# ଭୁବନେଶ୍ୱର ବସଷ୍ଟାଣ୍ଡର ନାମ କରଣ ପାଇଁ କଣ ଓଡ଼ିଶାରେ ଜନ୍ମିତ ବରପୁତ୍ରମାନଙ୍କ ନାମର ଅଭାବ ଅଛି ?

ଏବେ ସାରା ଓଡ଼ିଶା ରାଜ୍ୟରେ ପାଳିତ ହେଉଛି ବିଶ୍ୱ ଓଡ଼ିଆ ଭାଷା ସମ୍ମିଳନୀ ।ଏଥିରେ ଓଡ଼ିଆ ଭାଷାବିତ୍ ମାନେ ସାରା ପୃଥିବୀ ରୁ ଆସି ଯୋଗ ଦେଇଛନ୍ତି ଯାହାକି ଏକ ଗର୍ବ ଏବଂ ଗୌରବ ର ବିଷୟ । ଏହି ପରିପ୍ରେକ୍ଷୀରେ ଓଡ଼ିଶାର ବୀର ତଥା ବରପୁତ୍ର ମାନଙ୍କୁ ଜନତା ମଇଦାନ ରେ ଲାଗିଥିବା ବିରାଟ ପ୍ରଦର୍ଶନୀ ମାଧ୍ୟମ ରେ ପରିଚ୍ଚିତ କରାଯାଇ ସେମାନଙ୍କ ବିଷୟ ରେ ପୋଲିସ ମୁଖ୍ୟାଳୟ ର ବାହାର କାନ୍ଥରେ ବଡ ବଡ କ୍ମକ୍ୱକ୍ଟହରମସ୍ବକ୍ଟକ୍ୱ ସ୍ମମକ୍ୱରରଭ ଲଗାଯାଇ ଲୋକଙ୍କୁ ଅବଗତ କରାଯାଉଛି ।ଏହା ଅତି ଉତ୍ତମ କଥା ଏହି ବିରାଟ ଆୟୋଜନ ରେ ସାରା ଭୁବନେଶ୍ୱର ରେ ଅନେକ ଜାଗାରେ ବିଭିନ୍ନ ପ୍ରକାରର ମନୋରଞ୍ଜନ କାର୍ଯ୍ୟକ୍ରମ ମାନ କରାଯାଇ ଲୋକଙ୍କୁ ଆକର୍ଷିତ କରାଯାଇ ଥିଲା ଓ ଅନେକ ଜାଗାରେ ଅଫିସ ,ରାସ୍ତା ସବୁ ରଙ୍ଗୀନ ଆଲୋକ ରେ ସଜେଇ ହୋଇ ଅନେକ ସୁନ୍ଦର୍ ଦିସୁଛି ।ଏହି ସମୟରେ ଆୟୋଜକ ମାନେ ସାରା ଭୁବନେଶ୍ୱର ରେ ଥିବା ଓଡ଼ିଶାର ବରପୁତ୍ର ମାନଙ୍କ ମୂର୍ତ୍ତି ରେ ଫୁଲମାଳ ମାନ ଦିଆ ଯାଇଥିଲା କିନ୍ତୁ ସେଠାରେ ଗୋଟିଏ ଗୋଟିଏ ଆଲୋକ ର କିଛି ବ୍ୟବସ୍ଥା ହୋଇ ପାରି ନଥିଲା ।ସାରା ବର୍ଷ ତ ସେହି ମୂର୍ତ୍ତି ଗୁଡିକ ଅନ୍ଧାର ରେ ରହନ୍ତି କମସେ କମ୍ ଏହି ଉତ୍ସବ ପାଳନ ଅବସରରେ ଏହି ଜାଗାରେ ଆଲୋକ ବ୍ୟବସ୍ଥା ହୋଇଥିଲେ ଆହୁରି ସୁନ୍ଦର୍ ହୋଇଥାଆନ୍ତା । ଏହି ସମୟ ରେ ଭୁବନେଶ୍ୱର ନୂତନ ବସଷ୍ଟାଣ୍ଡ ର ଉଦ୍ଘାଟନ ହେବାର ସମ୍ଭାବନା ଅଛି ।କିନ୍ତୁ ଆହୁରି ଅତି ଲଜ୍ୟା ଓ ଦୁଃଖ ର ବିଷୟ ଏହି ଯେ ସେହି ବସ ଷ୍ଟାଣ୍ଡ ର ନାମ କରଣ ଆମ ଦେଶର ସମ୍ବିଧାନ ପ୍ରଣୟନ କରିଥିବା ବିଖ୍ୟାତ ଜନନାୟକ ଶ୍ରୀଯୁକ୍ତ ଆମ୍ବେଦକର ଙ୍କ ନାମରେ ନାମିତ ହେବାକୁ ଯାଉଛି ।ଠିକ୍ ଅଛି ଶ୍ରୀଯୁକ୍ତ ଆମ୍ବେଦକର ଆମ ଦେଶ ପାଇଁ ଜଣେ ଅତି ଉଚ୍ଚ୍ଚ କୋଟିର ଆଦର୍ଶ ବାଦି ମହାପୁରୁଷ ଏଥିରେ କୌଣସି ଦ୍ୱିମତ ନାହିଁ ।କିନ୍ତୁ ଓଡ଼ିଶାରେ କଣ ନାମ କରଣ ପାଇଁ କୌଣସି ମହାପୁରୁଷ ମାନଙ୍କ ନାମ ଅନୁସାରେ ଭୁବନେଶ୍ୱର ବସଷ୍ଟାଣ୍ଡ ର ନାମ ଦେବାକୁ କେହି ଜଣଙ୍କ ନାମ ମଧ କଣ ଆମ ଓଡ଼ିଶା ସରକାର ଙ୍କ ପସନ୍ଦ ହେଲା ନାହିଁ କାହିଁକି । ଯେଉଁ ସମୟରେ ସାରା ବିଶ୍ୱ ରେ ଓଡ଼ିଆ ଭାଷା ଓ ଓଡ଼ିଶା କୁ ଉଚ୍ଚ୍ଚ ସ୍ଥାନ ଦେଇ ବିଶ୍ୱ ଦରବାର ରେ ପରିଚ୍ଚିତ କରାଇବାକୁ ଓଡ଼ିଶା ସରକାର ଅଣ୍ଟା ଭିଡିଛନ୍ତି ସେହି ସମୟରେ ଯଦି ଏପରି ଘୋଷଣା କରାଯାଇଛି ତେବେ ଏହା ଠାରୁ ଆଉ କୌଣସି ଲଜ୍ୟା ଜନକ ଘଟଣା ଆଉ କଣ ହୋଇପାରେ ? ଏହାକୁ ଓଡ଼ିଶାର ପ୍ରତ୍ୟେକ ଟି ସୃଜନଶୀଳ ବ୍ୟକ୍ତି ଏହି ପୋଷ୍ଟ କୁ ପଢି ଏହାର ଉଚ୍ଚ୍ଚ ମାନର ମନ୍ତବ୍ୟ ଦେବାକୁ ଅନୁରୋଧ ଓ ତା ସହିତ ଏଥି ପାଇଁ ଏକ ପୂର୍ଣ୍ଣ ଓଡ଼ିଶୀ ଆନ୍‌ଦୋଳନ ର ଜାଗରଣ ହେବା ଉଚିତ୍। ଏହା ଓଡ଼ିଶାର ଅସ୍ମିତା ର କଥା । ଖାଲି ଓଡ଼ିଆ ସମ୍ମିଳନୀ କରି କୋଟି କୋଟି ଟଙ୍କା ଖର୍ଚ୍ଚ କରି ଯାହାକି ଓଡ଼ିଶାର ଅନେକ ଆୟକର ଦେଉଥିବା ବ୍ୟକ୍ତି ଙ୍କ କଷ୍ଟ ଉପାର୍ଜିତ ଅର୍ଥ କୁ ନଷ୍ଟ କରି କିଛି ଲାଭ ନାହିଁ। ଆଜି ପର୍ଯ୍ୟନ୍ତ ଅନେକ ଭାଷାବିତ୍ ଓଡ଼ିଶାରେ ଓଡ଼ିଆ କୁ ସରକାରୀ ଭାଷା ରେ ପରିଣତ କରିବାକୁ ଚେଷ୍ଟା କରି ମଧ ବିଫଳ ହୋଇଛନ୍ତି ।ତାହା କେବେ ସଂପୂର୍ଣ୍ଣ ହେବ ତାହା କେବଳ ଓଡ଼ିଶା ସରକାର ହିଁ ଜାଣନ୍ତି । ଓଡ଼ିଶା ମୁଖ୍ୟମନ୍ତ୍ରୀ ଦୀର୍ଘ ୨୫ ବର୍ଷ ଶାସନ ଗାଦି ରେ ବସି ବିନା କାଗଜ ରେ ପଦେ ଓଡ଼ିଆ କହିବାକୁ ସାମର୍ଥ୍ୟ ନାହିଁ ଅଥଚ୍ ୫ ଟି ମୁଖ୍ୟ ଶ୍ରୀଯୁକ୍ତ ପାଣ୍ଡିୟନ୍ ସ୍ୱଷ୍ଟ ଭାବରେ ଓଡ଼ିଆ କହୁଛନ୍ତି । ତେଣୁ ଓଡ଼ିଶା ସରକାର ଯେଉଁ ଭୁବନେଶ୍ୱର ବସଷ୍ଟାଣ୍ଡ ର ନାମ କରଣ ଶ୍ରୀଯୁକ୍ତ ଆମ୍ବେଦକର ଙ୍କ ନାମରେ ନାମିତ ହେବାକୁ ଚ୍ଚିନ୍ତା କରୁଛନ୍ତି ତାହା ବଦଳରେ ନିଜ ଓଡ଼ିଶାର ଅନେକ ମହା ପୁରୁଷ ଙ୍କ ନାମ ଚ୍ଚିନ୍ତା କରିବା ଆବଶ୍ୟକ। ମୋର ସାରା ଓଡ଼ିଶା ର ବିଦ୍ୱାନ ବ୍ୟକ୍ତି, ଜ୍ଞାନୀ ବ୍ୟକ୍ତି,ସାଂସଦ ,ବିଧାୟକ ଙ୍କୁ ଅନୁରୋଧ ସେମାନେ ଏକତ୍ରିତ ହୋଇ ଏହାର ସମାଧାନ ର ବାଟ ବାହାର କରନ୍ତୁ ଓ ମହାମାନ୍ୟ ମୁଖ୍ୟମନ୍ତ୍ରୀ ଙ୍କୁ ଏହା ଅବଗତ କରାନ୍ତୁ ଯେ ଓଡ଼ିଶାରେ ବରପୁତ୍ର ମାନଙ୍କ ର ଅଭାବ ନାହିଁ। କେନ୍ଦ୍ର ସରକାର ଏବେ ଅନେକ ଜାଗାରେ ପୂର୍ବରୁ ଥିବା ମୁସଲମାନ ନାମିତ ନାମ ଓ ଇଂରାଜୀ ନାମ କରଣ ସବୁ ପରିବର୍ତ୍ତନ କରି ଭାରତୀୟ ମହାପୁରୁଷ ବା ଭାରତୀୟ ଶବ୍ଦ ର ପ୍ରୟୋଗ ଉପରେ ଅଧିକ ଗୁରୁତ୍ୱ ଦେଉଛନ୍ତି ।ଏହା ମଧ ଓଡ଼ିଶା ସରକାର କରିବା ଉଚିତ୍।

**ପ୍ରଦୀପ୍ତ କୁମାର କର**, *ପ୍ଲଟ ନଂ ୨୫, ସୂର୍ଯ୍ୟ ନଗର, ଭୁବନେଶ୍ୱର*
*ମୋ:୯୮୬୧୦୭୫୪୦୪*

# ମାଘରେ ତାତି, ଶୀତ ଉଭାନ !



ହିମାଂଶୁ ଶେଖର ଆଚାର୍ଯ୍ୟ

ଆମେ ସିନା ପଢିଲା ବେଳେ ପଢୁଥିଲୁ ବରଷକ ବାରମାସ, ଛଅ ଋତୁ । ଆଉ ମଧ୍ୟ ପଢିଥିଲୁ ଶୀତରେ ପୌଷ ମାଘ ମାସ । ମାଘମାସରେ ଶୀତ ବାଘପରି ଆସେ। ଏବେ କିନ୍ତୁ ଛଅ ଋତୁ ସାତ ସପନ । ଗ୍ରୀଷ୍ମର ପ୍ରକୋପ ଆଗରେ ହଜୁଛି ବସନ୍ତ, ଶରତ, ହେମନ୍ତ। ଫଳରେ ଫେବୃୟାରୀ ଆରମ୍ଭରୁ ମାର୍ଚ୍ଚର ତାତି ଆରମ୍ଭ ହୋଇଯାଇଛି । ଗତ ମଙ୍ଗଳବାର ଠାରୁ ହଠାତ୍ ଶୀତ ଉଭାନ । ମାଘମାସରେ ବି ଅନୁଭୂତ ହେଉଛି ଗ୍ରୀଷ୍ମର ତାତି। ସତେ ଯେମିତି ଲାଗୁଛି ଏହା ମାଘମାସ ନୁହେଁ ବୈଶାଖ ଆରମ୍ଭ ହୋଇଗଲାଣି । ପାଣିପାଗ ବିଭାଗ ପକ୍ଷରୁ ଦିଆଯାଇଥିବା ତଥ୍ୟ ଅନୁଯାୟୀ ରାଜ୍ୟର ୧୩ଟି ସହରର ସର୍ବୋଚ୍ଚ ଦିନ ତାପମାତ୍ର ୩୩ ଡିଗ୍ରୀ ବା ତା ଠାରୁ ଅଧିକ ରହିଥିଲା । ପାରଳାଖେମୁଣ୍ଡି ଓ ଭବାନୀପାଟଣାରେ ଦିନ ତାପମାତ୍ରା ସର୍ବାଧିକ ୩୫ ଡିଗ୍ରୀ ରେକର୍ଡ କରାଯାଇଥିଲା । ଟିଟିଲାଗଡ ଓ ମାଲକାନାଗିରିରେ ସର୍ବୋଚ୍ଚ ଦିନ ତାପମାତ୍ରା ୩୪.୫ ଡିଗ୍ରୀ ସେଲସିୟସ ରହିଥିବାବେଳେ ରାଜଧାନୀ ଭୁବନେଶ୍ୱରରେ ୩୪.୪ ଓ କଟକରେ ୩୭ ଡିଗ୍ରୀ ରହିଥିଲା। ପାଣିପାଗ ବିଭାଗ ସୂତ୍ରରୁ ପ୍ରକାଶ ଯେ ଆଗକୁ ପାଗ ପରିବର୍ତ୍ତନ ସହ ତାପମାତ୍ରାରେ ସାମାନ୍ୟ ବଦଳିପାରେ । କିନ୍ତୁ ସୋଆ ପରିବେଶ ଓ ଜଳବାୟୁ କେନ୍ଦ୍ର ନିର୍ଦ୍ଦେଶକ ଡକ୍ଟର ଶରତ ଚନ୍ଦ୍ର ସାହୁ କହିଛନ୍ତି ପାଣିପାଗରେ ଅଚାନକ ଅସ୍ୱାଭାବିକ ପରିବର୍ତ୍ତନ ପରିଲକ୍ଷିତ ହୋଇଛି । ବାୟୁମଣ୍ଡଳରେ ଜଳୀୟବାଷ୍ପ ନାହିଁ । ମାଟି ପୁରା ଶୁଖିଲା । ଉତ୍ତର ପଶ୍ଚିମରୁ ପବନ ନାହିଁ । ଦକ୍ଷିଣ ପଶ୍ଚିମ ଦିଗରୁ ପବନ ଆସୁଛି । ତେଣୁ ଆଗକୁ ଗରମ ଅଧିକ ଅନୁଭୂତ ହୋଇପାରେ । ସ୍ଥିତି ଏମିତି ଯେ ଫେବୃୟାରୀ ଆରମ୍ଭରୁ ଏସି ପଙ୍ଖାର ଆବଶ୍ୟକତା ପଡିଲାଣି । ବାହାରେ ଖରା ବାଧିଲାଣି । ଶୀତର ବେଳକାଳ ସରିନି । ସତେ ଯେମିତି ଲାଗୁଛି ଏହା ଫେବୃୟାରୀ ନା ମାର୍ଚ୍ଚମାସ ! ଏବେ ଠାରୁ ଏତେ ଗରମ, ଆଗକୁ ତାହାଲେ ନିଆଁ ବର୍ଷିବ। ପୂର୍ବରୁ ମଧ ଫେବୃଆରୀରେ ତାପମାତ୍ରା ବଢିବାର ରେକର୍ଡ ରହିଛି। ସୂଚନାଯୋଗ୍ୟ ଯେ, ପୂର୍ବରୁ ମଧ୍ୟ ରାଜ୍ୟରେ ବିଶେଷକରି ରାଜଧାନୀ ଭୁବନେଶ୍ୱରରେ ଫେବୃୟାରୀ ମାସରେ ତାତି ବଢିବାର ଉଦାହରଣ ରହିଛି । ୧୯୬୩ ଫେବୃଆରୀ ଭୁବନେଶ୍ୱର ତାପମାତ୍ରା ୪୨.୩ ଡିଗ୍ରୀ ସେଲସିୟସ୍ ରହିଥିବା ବେଳେ, ୨୦୧୨ରେ ୪୦.୧ଡିଗ୍ରୀ, ୨୦୧୬ରେ ୪୦.୯ଡିଗ୍ରୀ, ୨୦୧୯ରେ ୩୯.୪ଡିଗ୍ରୀ ରହିଥିଲା।ବିଗତ ଦିନରେ ଭୁବନେଶ୍ୱରରେ ତାତି ରେକର୍ଡ ହୋଇଥିବା ସର୍ବାଧିକ ହୋଇଥିବା ଆମେ ଜାଣିଛେ । ଏବର୍ଷ ଫେବୃୟାରୀର ତାତିକୁ ଦେଖି ଚଳିତବର୍ଷର ତାତିର ପୁନରାବୃତ୍ତି ହୋଇପାରେ ବୋଲି ଆଶଙ୍କା କରାଯାଉଛି ।

ଏବେ ଋତୁଚକ୍ରରେ ଅସ୍ୱାଭାବିକ ପରିବର୍ତ୍ତନ ହେଉଛି । ଆଗଭଳି ଆଉ ଛଅ ଋତୁ ଅନୁଭବ କରିହେଉନି। ଛଅଋତୁ ଆଜି ସାତ ସପନ। ଶରତ, ଶୀତ ଓ ବସନ୍ତ କ୍ରମଶଃ ମାନସ ପଟରୁ ହଜିଗଲେଣି। ଏବେ କେବଳ ଗ୍ରୀଷ୍ମ ,ବର୍ଷା ଓ ଶୀତ ତିନୋଟି ଋତୁ ଅନୁଭବ କରିହେଉଛି । ଏଥିମଧ୍ୟରୁ ପ୍ରାୟ ସାତ ଆଠ ମାସ ଗ୍ରୀଷ୍ମର ପ୍ରକୋପ ଜାରି ରହୁଛି କେବଳ ବୈଶାଖ-ଜ୍ୟେଷ୍ଠ ନୁହେଁ, ବର୍ଷର ଅନେକ ସମୟରେ ମୁଣ୍ଡଫଟା ଖରା । ସବୁଠି ହା-ହୁତାଶମୟ ପରିବେଶ। କହିବା ବାହୁଲ୍ୟ ଯେ, ଋତୁମାନଙ୍କ ମଧ୍ୟରେ ଶ୍ରେଷ୍ଠ ହେଉଛି ବସନ୍ତ। ଋତୁରାଜ ସେ । ଫାଲଗୁନ-ଚୈତ୍ର, ନା ଥାଏ ଖରା, ନା ଶୀତ । ମଳୟ ପବନ ସାଥେ ଭାସିଆସେ କୋଇଲିର କୁହୁତାନ। ମୃଦୁ ମଳୟ ପବନ ତନୁମନରେ ଶିହରଣ ଆଣେ । କିନ୍ତୁ ଆଗଭଳି ଶୁଭୁନାହିଁ କୋଇଲିର ସ୍ୱର କି ବହୁନାହିଁ ସୁଲୁସୁଲିଆ ପବନ । ଯେଉଁ ସମୟରେ ବସନ୍ତ ଋତୁ ଅନୁଭବ ହେବା କଥା ସେହି ସମୟରେ ରାଜ୍ୟରେ ଯେଉଁଭଳି ହାରରେ ତାପମାତ୍ର ବଢିଛି ତାକୁ ଦେଖିଲେ ଲାଗୁଛି ବସନ୍ତ ସମେତ ଶରତ ଓ ହେମନ୍ତ ଅଚିରେ ହଜିଯିବ ଓ ଗ୍ରୀଷ୍ମର ପ୍ରକୋପ ବଢି ବଢି ଚାଲିବ । ନିକଟରେ ପାଣିପାଗରେ ବିଶେଷ କିଛି ପରିବର୍ତ୍ତନ ହେବାର ନାହିଁ। ମାର୍ଚ୍ଚ ଓ ଏପ୍ରିଲରେ ଅଧିକରୁ ଅଧିକ ତାତି ଅନୁଭୂତ ହେବ ବୋଲି ପ୍ରାକ୍ ଆକଳନ କରାଯାଇଛି। ଏପରିକି କଟକ ଓ ଭୁବନେଶ୍ୱର ସହରରେ ମଧ ତାତି ଚିନ୍ତାଜନକ ହୋଇରହିବ।

ତାପାୟନ ବୃଦ୍ଧି ଓ ଜଳବାୟୁରେ ଅସ୍ୱାଭାବିକ ପରିବର୍ତ୍ତନ ଏବେ ଆମ ଦେଶ ତଥା ସମଗ୍ର ବିଶ୍ୱ ପାଇଁ ଚିନ୍ତାର କାରଣ ହୋଇଛି । ଏହି କଥାକୁ ଆଖି ଆଗରେ ରଖି ୧୯୭୨ ମସିହାରୁ ପ୍ରତିବର୍ଷ ଜୁନ୍ ୫ ତାରିଖକୁ ବିଶ୍ୱ ପରିବେଶ ଦିବସ ରୂପେ ପାଳନ କରାଯାଉଛି । ସେହିପରି ଆମ ଦେଶରେ ୧୯୫୦ ମାସିହାରୁ ପ୍ରତିବର୍ଷ ଜୁଲାଇ ପହିଲାରୁ ସପ୍ତାହବ୍ୟାପୀ ବନ ମହୋତ୍ସବ ପାଳିତ ହୋଇ ଆସୁଅଛି । ଏହାର ମୁଖ୍ୟ ଉଦ୍ଦେଶ୍ୟ ହେଲା ଜନସଚେତନ ସୃଷ୍ଟି କରିବା ଓ ଏହି ପ୍ରଦୂଷଣର ଦୂରୀକରଣ ପାଇଁ ସର୍ବତ୍ର ଜନସହଯୋଗକୁ ଉତ୍ସାହିତ କରିବା । ଯାହାଫଳରେ ପରିବେଶର ସୁରକ୍ଷା ହେବା ସଙ୍ଗେ ସଙ୍ଗେ ଆଗାମୀ ପିଢି ପାଇଁ ପରିବେଶ ସଂରକ୍ଷିତ ହୋଇ ରହିପାରିବ । ଏସବୁ ସତ୍ତ୍ୱେ ପୃଥିବୀ ସମେତ ଆମ ଦେଶ ତଥା ରାଜ୍ୟରେ ପ୍ରତିବର୍ଷ ହଜାର ହଜାର ହେକ୍ଟର ଜଙ୍ଗଲ ଧ୍ୱଂସ ପାଉଛି । ଫଳରେ ପରିବେଶ ପ୍ରଦୂଷଣକୁ ରୋକିବାରେ ଆମର ପ୍ରଚେଷ୍ଟା ସେତେ ସନ୍ତୋଷଜନକ ହୋଇପାରୁନାହିଁ । ଫଳସ୍ୱରୂପ, ତାପାୟନ ବଢିଚାଲିଛି, ଭୂତଳ ଜଳସ୍ତର ନିମ୍ନଗାମୀ ହେଉଛି ଓ ବୃଷ୍ଟିପାତ ହ୍ରାସ ପାଉଛି । ବିଗତ ୨୦୧୬ ମଇ ୨୩ ତାରିଖରେ ରାଜଧାନୀ ଭୁବନେଶ୍ୱର କଟକ ସମେତ ରାଜ୍ୟର ବିଭିନ୍ନ ଅଞ୍ଚଳରେ କାଳବୈଶାଖୀର ତାଣ୍ଡବଲୀଳାକୁ ଦେଖି ଲାଗୁଥିଲା ଯେପରି ମହାବାତ୍ୟ ହେଉଛି । ସେହିପରି ୧୯୯୯ ମସିହାରେ ମହାବିନାଶକାରୀ ମହାବାତ୍ୟା ଓ ୧୯୯୮ର ଅଂଶୁଘାତ ଜନିତ ପରିସ୍ଥିତିକୁ ଆମେ ଭୁଲିପାରିବା ନାହିଁ । ସୂଚନାଯୋଗ୍ୟ ଯେ, ୧୯୯୮ମସିହାରେ ରାଜ୍ୟରେ ଅଂଶୁଘାତରେ ୨୦୪୨ ଜଣଙ୍କ ଜୀବନ ଜାଇଥିବା ବେଳେ ୨୦୧୫ପରେ ଏହା କ୍ରମାଗତ ଭାବେ ହ୍ରାସ ପାଉଥିଲା। ୨୦୧୬ରେ ୫୪ଜଣ,୨୦୧୭ରେ ୪୫ଜଣ, ୨୦୧୮ରେ ୬୦ଜଣ,୨୦୧୯ରେ ୫୦ଜଣ, ୨୦୨୦ରେ ୧୨ଜଣଙ୍କର ମୃତ୍ୟୁ ଘଟିଥିବା ସୂଚନା ରହିଛି।

କାରଣ ଖୋଜିଲେ ଜଣାପଡେ ବଢି ଚାଲିଛି କଙ୍କ୍ରିଟ ଜଙ୍ଗଲ। ଗଛକଟା ଅବାଧରେ ଚାଲିଛି। କାଗଜ କଲମରେ ନୂଆ ଚାରାଗଛ ଲଗାଯାଉଛି। କିନ୍ତୁ ସେଥିରୁ ବଞ୍ଚୁଛି କେତେ ତାହାର ହିସାବ କାହା ପାଖରେ ନାହିଁ। 'ମଣିଷ ଟିଏ-ଗଛଟିଏ' ସ୍ଲୋଗାନ କାଗଜ କଲମରେ ସୀମିତ ରହିଛି। ଆମେ ଜାଣିଛେ ପରିବେଶରେ ସନ୍ତୁଳନ ପାଇଁ ବ୍ୟାପକ ବୃକ୍ଷ ରୋପଣ ଦରକାର। କେବଳ ସରକାରଙ୍କ ଉପରେ ଛାଡିଦେଲେ ହେବନାହିଁ। ଆମକୁ ମଧ ବୃକ୍ଷରୋପଣ କରୁବାକୁ ହେବ ଓ ତାକୁ ବଞ୍ଚାଇ ରଖିବାକୁ ହେବ। ଏଥିପାଇଁ 'ମଣିଷଟିଏ-ଗଛଟିଏ' ସ୍ଲୋଗାନ ଉପରେ ଗୁରୁତ୍ୱ ଦେବାକୁ ହେବ। ଏଠାରେ ସୂଚନା ଯୋଗ୍ୟ ଯେ ବଦଳୁଛି ଜଳବାୟୁ ପାଣିପାଗରେ ଅସ୍ୱାଭାବିକ ପରିବର୍ତ୍ତନ ସମସ୍ତଙ୍କ ପାଇଁ ଚିନ୍ତାର କାରଣ ହୋଇଛି। ଏଥି ସହିତ ଏଲ୍‌ନିନୋର ପ୍ରଭାବ ଯୋଗୁ ଶୁଷ୍କବାୟୁ ପ୍ରବାହିତ ହେବା ସହ ଅସ୍ୱାଭାବିକ ତାପମାତ୍ରା ବଢୁଛି। ଯାହାର ପ୍ରଭାବ ଜନଜୀବନ ଠାରୁ ଆରମ୍ଭ କରି ପଶୁପକ୍ଷୀଙ୍କ ଉପରେ ପଡୁଛି । ଏବେ ଠାରୁ ଆକଳନ କରାଯାଉଛି ଯେ ଯଦିଓ ୨୦୨୩ ମସିହା ସବୁଠାରୁ ଉତ୍ତପ୍ତ ବର୍ଷ ଥିଲା ତଥାପି ବର୍ତ୍ତମାନ ସ୍ଥିତିକୁ ଦେଖିଲେ ଆସନ୍ତା ମାର୍ଚ୍ଚ ଠାରୁ ମେ ଜୁନ ପର୍ଯ୍ୟନ୍ତ ତାତିର ପ୍ରକୋପ ନିଶ୍ଚୟ ରହିବ ଏବେ ଠାରୁ ତାହା ଜଳଜଳ ହୋଇ ଦେଖାଗଲାଣି।

*ଅବସରପ୍ରାପ୍ତ ଅଧ୍ୟାପକ ,*
*ତିର୍ତ୍ତୋଲ, ଜଗତସିଂହପୁର*
*ମୋ - ୯୯୩୭୧୫୧୦୫୨*

# ଶ୍ରୀରାମ ଚେତନା : ଶାଶ୍ୱତ, ଚିରନ୍ତନ, ସନାତନ



ବିକ୍ରମ ଦାଶ

ସମୟର ପ୍ରବାହ ସହିତ ସଭ୍ୟତା ଆଗକୁ ବଢୁଥାଏ। ସଭ୍ୟତାର ଅର୍ଥ ହେଲା ସଭ୍ୟହେବା। ବ୍ୟାପକ ଅର୍ଥରେ ଭଦ୍ରତା, ନମ୍ରତା, ସୌହାର୍ଦ୍ଦ୍ୟ, ସମ୍ବେଦନା, ସହନଶୀଳତା, ସମାନତା, ବୌଦ୍ଧିକ ଓ ଅର୍ଥନୈତିକ ବିକାଶ ଏବଂ ନ୍ୟାୟପୂର୍ଣ୍ଣ ସାମାଜିକ ବ୍ୟବସ୍ଥା। ଜୀବନର ପରିପୂର୍ଣ୍ଣତା ହିଁ ପ୍ରଗତି। ଆଜି ଗତକାଲି ଠାରୁ ବହୁ ଭାବରେ ଭିନ୍ନ, ଅଧିକ ଶାଶ୍ୱତ, ଅଧିକ ଆନନ୍ଦମୟ, ଅଧିକ ସମ୍ପନ୍ନ। ଆସନ୍ତାକାଲି ଠାରୁ ଆହୁରି ବିକଶିତ, ଆହୁରି ପ୍ରସନ୍ନଚିତ୍ତ। ଏହା ହିଁ ସଭ୍ୟତାର ଅଗ୍ରଗତି। ମାନବୀୟ, ସାମାଜିକ ଓ ସାଂସ୍କୃତିକ ଭାବଧାରାର ସକାରାତ୍ମକ ବିକାଶ ସଭ୍ୟତାର ପରିଚୟ। ଯାହା ଅନାବଶ୍ୟକ, ତାହା ପଛକୁ ଚାଲିଯାଏ, ଅତୀତ ହୋଇଯାଏ। ଇତିହାସ ସାକ୍ଷୀ ଅଛି, ମୁନ୍ଦିଏ ପିଇବା ପାଣି ଯୋଗାଇ ନ ପାରି ଅନେକ ସଭ୍ୟତା ଲୋପ ପାଇଯାଇଛି। ଅଯୋଧାରେ ରାମ ମନ୍ଦିରର ପ୍ରାଣ ପ୍ରତିଷ୍ଠା ଭାରତୀୟ ସଭ୍ୟତାର ପୁନଃଜାଗରଣ କରିଛି। ଅବିମୃଶ୍ୟକାରୀ ନିନ୍ଦୁକମାନଙ୍କୁ କିଛି ବୁଝାଇବା ଅନାବ୍ୟଶକ। କାରଣ, ସେମାନେ ନିଜ ତୃଣମୂଳ, ପରମ୍ପରା, ସାଂସ୍କୃତିକ ଐତିହ୍ୟ ଏବଂ ମହାଭାରତୀୟ ଚେତନାକୁ ବୁଝିବାକୁ ଅସମର୍ଥ। ସେମାନଙ୍କ ପ୍ରତି ଦୟା ଦେଖାଯାଇପାରେ ଏବଂ ସେମାନଙ୍କୁ ସେମାନଙ୍କ ମୂର୍ଖତା ସହିତ ଛାଡ଼ି ଦିଆଯାଇପାରେ। ସନାତନର ଅର୍ଥ ହିଁ ଶାଶ୍ୱତ। ଏହା ଚିରନ୍ତନ ପ୍ରବାହିତ। ଗତକାଲି ଥିଲା ଆଜି ଅଛି ଆସନ୍ତାକାଲି ବି ରହିଥିବ। ଭୂତ, ପିଶାଚମାନେ ଆସିଛନ୍ତି, ଯାଇଛନ୍ତି। ପୁଣ୍ୟତୋୟା ଗଙ୍ଗା ସେହିଭଳି ପାପା ଧୋଇଚାଲିଛି, ମୋକ୍ଷ ଦେଇଚାଲିଛି। ମୋ ଦେଶ, ମୋ ମାଟି, ମୋ ନଦୀ, ମୋ ଦେଶବାସୀ, ମୋ ଉଦାରତା, ମୋ ସାଂସ୍କୃତିକ ଐତିହ୍ୟ, ମୋ ସାମାଜିକ ବ୍ୟବସ୍ଥାର ଗ୍ରହଣ ଯୋଗ୍ୟତା, ମୋ ସମନ୍ୱିତ ଚେତନା, ମୋ ଆଦର, ସମଗ୍ର ବିଶ୍ୱର ମାନବଙ୍କ ପାଇଁ ମୋ ପ୍ରାର୍ଥନାକୁ ଯଦି ମୁଁ ବୁଝି ନପାରିଛି, ତେବେ ମୁଁ ମହାମୂର୍ଖ। ଆମେ ପାଇଥିଲେ ଜ୍ଞାନ ଓ ପ୍ରଜ୍ଞା ଆଧାରିତ ଜୀବନଶୈଳୀ, ଯାହା ବହୁଜନର ହିତ, ବହୁଜନର ସୁଖର ଅଭିଳାଷ ରଖେ। ସମଗ୍ର ବସୁଧାକୁ କୁଟୁମ୍ବ ମନେକରେ। ଏହି ଜ୍ଞାନ ସମସ୍ତେ ସୁଖରେ ରହନ୍ତୁ, ସମସ୍ତେ ନିରାମୟ ରହନ୍ତୁ, ସମସ୍ତେ ଭଦ୍ର ହୁଅନ୍ତୁ, ସମସ୍ତଙ୍କର ଦୁଃଖ ଦୂର ହେଉ, ପୃଥିବୀରେ ସର୍ବତ୍ର ଶାନ୍ତି ବିରାଜମାନ କରୁ ବୋଲି ନିରନ୍ତର କାମନା କରୁଥାଏ। ଏହି ଉଦାହରତା ପ୍ରାଣୀ ମାତ୍ରେ ହିଁ ପ୍ରେମମୟ ବୋଲି ଅନୁଭବ ଦିଏ। ଆମ ଆସ୍ଥା କହିଥାଏ, ଯିଏ ପ୍ରଦାତା-ସୂର୍ଯ୍ୟ, ଚନ୍ଦ୍ର, ଅଗ୍ନି, ବାୟୁ, ପୃଥିବୀ, ଆକାଶ, ଜଳ, ନଦୀ, ପର୍ବତ, ବୃକ୍ଷ, ଜୀବଜନ୍ତୁ - ସ୍ଥାବର ଜଙ୍ଗମ କୀଟପତଙ୍ଗ ପର୍ଯ୍ୟନ୍ତ ସମସ୍ତଙ୍କୁ ଆପଣାର ମନେକରି, ସହାବସ୍ଥାନରେ ବିଶ୍ୱାସ କର ଏବଂ ସ୍ଥଳ ବିଶେଷରେ ସେମାନଙ୍କୁ ଈଶ୍ୱରଙ୍କ ମର୍ଯ୍ୟାଦା ଦିଅ। ସମସ୍ତେ ପୂଜିତ, ସମସ୍ତେ ମର୍ଯ୍ୟାଦାବନ୍ତ, ସମସ୍ତେ ଗୁରୁତ୍ୱପୂର୍ଣ୍ଣ ଓ ସମସ୍ତେ ଅପରିହାର୍ଯ୍ୟ।

ଭାରତରେ ଗଣତନ୍ତ୍ର ସୁଦୃଢ଼ କାହିଁକି ? କାରଣ, ସନାତନ ଧର୍ମ ଭିନ୍ନ ମତକୁ ଉଦାରତାର ସହିତ ଗ୍ରହଣ କରେ। ମତ, ପନ୍ଥ, ଉପାସନା ଓ ଆଚରଣରେ କୌଣସି ବାଧବାଧକତା ନାହିଁ। ଗୋଟିଏ ବହି ବା ଜଣେ ପୈଗାମ୍ବର ଶ୍ରେଷ୍ଠ, ଅନମନୀୟ ଓ ନିର୍ବିକଳ୍ପ ନୁହଁନ୍ତି। ନିନ୍ଦୁକମାନେ କହିପାରିବେ କି କାହିଁକି ମଧ ପ୍ରାଚ୍ୟର ଅନେକ ଦେଶ, ଚୀନ, ଆଫଗାନିସ୍ଥାନ, ପାକିସ୍ଥାନ, ତୁର୍କୀ, ଉତ୍ତର କୋରିଆ, ମାଲେସିଆ, ବଙ୍ଗଳାଦେଶ ଓ ଏବେ ମାଳଦ୍ୱୀପ ଭଳି ଦେଶ ଧର୍ମନିରପେକ୍ଷ ଓ ଗଣତାନ୍ତ୍ରିକ ନୁହଁନ୍ତି ? କାରଣ ସେଠି ଉପାସନା ପଦ୍ଧତି ଓ ରାଷ୍ଟ୍ର ଏକ ଏବଂ ଅଭିନ୍ନ। ଭିନ୍ନ ମତ ଅଗ୍ରହଣୀୟ। ଅଯୋଧାରେ ଶ୍ରୀରାମ ମନ୍ଦିର ପ୍ରତିଷ୍ଠା ହୋଇଗଲା। ପ୍ରଭୁ ଶ୍ରୀରାମ ଲାଲା ବିରାଜିତ ହେଲେ। ଜୟ ଶ୍ରୀରାମ ଧ୍ୱନି ଗୁଞ୍ଜରିତ ହେଉଥିଲା ବେଳେ ଆପେ ଆପେ ମନରେ ଆସୁଛି କିଛି ଭାବନା। ନିଜକୁ ନେଇ, ସମାଜକୁ ନେଇ ଅନେକ ପ୍ରଶ୍ନ ମନରେ ଏହି ଜୟ ଶ୍ରୀରାମର ମାହୋଲରେ। ଧର୍ମ ସ୍ଥାପନ ସକାଶେ ଯେତେବେଳେ ଆବଶ୍ୟକ ହେବ ମୁଁ ଆସିବି ଧରାକୁ। ପୁଣି ବ୍ୟବସ୍ଥା ଓ ଧାର୍ମିକ ଧାରାକୁ ବଳିୟାନ କରିବାକୁ। ଆସୁରିକ ପ୍ରବୃତ୍ତିପୂର୍ଣ୍ଣ ମଣିଷ ମାନଙ୍କ ଅହଙ୍କାର, ଅତ୍ୟାଚାର ବଢ଼ିବ। ଧର୍ମକୁ ଆଧାରକରି ଜୀବନ ଅତିବାହିତ କରୁଥିବା ମଣିଷମାନେ ଅତିଷ୍ଠ ହୋଇ ପଡ଼ିଥିଲାବେଳେ ଏବଂ ଅସୁର ଶକ୍ତି ସର୍ବକ୍ଷମତାଶୀଳ ବୋଲି ଧାରଣା ସମୟରେ ଶ୍ରୀରାମଚନ୍ଦ୍ରଙ୍କୁ ଧରାବତାରଣ ହୋଇଥିଲା। ସେ ମର୍ଯ୍ୟାଦା ପୁରୁଷୋତ୍ତମ। ଏ ସଂସାରରେ ମର୍ଯ୍ୟାଦା ପାଳନର ନୀତି ନିଜେ କଠୋରତାର ସହ ପାଳନ କରି ସାଧାରଣ ମଣିଷ କିପରି ଅସାଧାରଣ ବନିପାରିବ ତାହା ପ୍ରଭୁ ଶ୍ରୀରାମ ହିଁ ବୁଝାଇଛନ୍ତି ନିଜ ଧରା ରହଣୀ କାଳରେ। ବାପା-ପୁଅର ସମ୍ପର୍କ, ମା'ପୁଅର ସମ୍ପର୍କ, ଭାଇ ଭାଇର ସମ୍ପର୍କ, ରାଜା ପ୍ରଜାର ସମ୍ପର୍କ ଏମିତି ଅନେକ ପାରିବାରିକ ଏବଂ ସାମାଜିକ ସମ୍ପର୍କର ସର୍ବୋତ୍ତମ ନିୟମର ସେ ପ୍ରତିଷ୍ଠାତା। ନିଜେ ପାଳନକର୍ତ୍ତା। ଉତ୍ତମ ପରିବାର, ଉନ୍ନତ ସମାଜ ଏବଂ ସୁଶାସନ ଏହାକୁ ଶ୍ରୀରାମ ହିଁ ପ୍ରଥମକରି ଏ ବିଶ୍ୱରେ ପ୍ରତିଷ୍ଠିତ କରିଥିଲେ। ଅବତାର ଭାବରେ ଅବତରି ଯେଉଁ ପରିବାରରେ ସେ ଜନ୍ମଗ୍ରହଣ କରିଥିଲେ ତାହାର ମର୍ଯ୍ୟାଦା ଜୀବନସାରା ରଖି ଭିନ୍ନ ଆଦର୍ଶ ସ୍ଥାପନ କରିଥିଲେ। ପ୍ରତି ସୋପାନରେ ଆଦର୍ଶ। ଶିବ ଧନୁ ଭଙ୍ଗ କରିବପା ପରେ ତୁରନ୍ତ ବିବାହର ଅବକାଶ ଥିଲାବେଳେ ଶ୍ରୀରାମ କିନ୍ତୁ ପିତା ଦଶରଥଙ୍କ ଅନୁମତି ଲୋଡ଼ିଥିଲେ। ପୁତ୍ରର ପିତା ପ୍ରତି ଥିବା ସମ୍ମାନ, ଦାୟିତ୍ୱ ଓ କର୍ତ୍ତବ୍ୟର ପରିପାଳନ କରି ପୁଅମାନଙ୍କ ପାଇଁ ସେ ହିଁ ପ୍ରଥମ କରି ଦେଖାଇଥିଲେ ମର୍ଯ୍ୟାଦାର ଧାରା। ଅଭିଷେକଙ୍କର କିଛି ସମୟ ଆଗରୁ ଗାଦି ଛାଡ଼ିଲେ ଲମ୍ବା ବନବାସ ପାଇଁ ବାହାରି ଆସିଲେ ଥରୁଟିଏ ପ୍ରତିବାଦ କି ପ୍ରଶ୍ନ ନକରି। ବାପା ସାବତ ମା'ଙ୍କୁ ଦେଇଥିବା ପ୍ରତିଶ୍ରୁତି ମୁଁ କାହିଁକି ପାଳିବି ବୋଲି ପ୍ରଶ୍ନ ସେ କରିପାରିଥାନ୍ତେ। ବାପାଙ୍କ ସମ୍ମାନ ଚାଲିଯିବ, ମର୍ଯ୍ୟାଦା ଚାଲିଯିବ, କୁଳର ସମ୍ମାନ ଶେଷ ହୋଇଯିବ। ତେଣୁ ବାପାଙ୍କ ପାଇଁ ବଣ ଜୀବନ ଷ୍ଟକୁ ସହିବାକୁ ତୁରନ୍ତ ହେଲେ ପ୍ରସ୍ତୁତ। ଭାଇମାନଙ୍କ ପ୍ରତି କି ଅପୂର୍ବ ସ୍ନେହ। ଭରତଙ୍କ ପାଇଁ ଟିକିଏ ବି ରାଗ ନାହିଁ କ୍ଷୋଭ ନାହିଁ କି ଈର୍ଷା ନାହିଁ। ଯାହାଙ୍କର ବର ମଗାରେ ରାଜ ସିଂହାସନ ଚାଲିଗଲା। ସେହି ସାବତ ମା କୈକେୟୀଙ୍କ ପ୍ରତି କି ଭକ୍ତି ଓ ଶ୍ରଦ୍ଧା। ରାମାୟଣ ଭାରତୀୟ ଜୀବନାଦର୍ଶର ବାଙ୍ମୟୀ ପ୍ରକାଶ। ଏହା ମାନବର ଚିତ୍ତକୁ ଗଭୀର ଭାବରେ ପ୍ରଭାବିତ କରିପାରେ। ରାମାୟଣର ନୈତିକ ଆଦର୍ଶ, ଜାତୀୟ ଜୀବନବୋଧ ସାମାଜିକ ଚଳଣି ପ୍ରଭୃତି କାଳ କାଳ ଧରି ଏ ଜାତିର ଚିନ୍ତା ଚେତନା ଓ ଭାବ ବଳୟକୁ ଶାଣିତ କରିପାରିଛି। ଭାରତୀୟ ଜୀବନ ସଭ୍ୟତା ଓ ସଂସ୍କୃତିର ଏହା ହିଁ ଜୀବନ ବେଦ। ଏଥିରେ ପ୍ରାକ୍ତନ ଜୀବନଧାରା ଐତିହ୍ୟ ଓ ମାନବୀୟ ମନୀଷାର ଚିତ୍ର ଅତି ସୁନ୍ଦର ଭାବରେ ବର୍ଣ୍ଣିତ। ଏଣୁ ରାମାୟଣ ଭାରତୀୟ ଜୀବନର ମହାନ ଗଙ୍ଗୋତ୍ରୀ। ଏହା ଭାରତୀୟ ସଂସ୍କୃତିକୁ ଯେ ପ୍ରଭାବିତ କରିପାରିଛି ତା ନୁହେଁ, ପରନ୍ତୁ ଏହା ଭାରତର ବ୍ୟକ୍ତିଗତ ଜୀବନ, ଗ୍ରାର୍ହସ୍ଥ୍ୟ ଜୀବନ, ସାମାଜିକ ଜୀବନ ଓ ରାଷ୍ଟ୍ରୀୟ ଜୀବନଧାରାକୁ ନିୟନ୍ତ୍ରିତ କରିପାରିଛି।

ବନବାସ ମାନେ ପ୍ରକୃତ ବନବାସ। ସାଧାରଣଙ୍କ ପରି ଚଳଣି ଓ କଷ୍ଟସାଧ ଯାତ୍ରା। ଚାହିଁଥିଲେ ଅଯୋଧା ସୀମାର ଜଙ୍ଗଲରେ ଭଲ ମାନର କୁଟୀର କରି ଚଳିପାରିଥାଆନ୍ତେ ପତ୍ନୀଙ୍କୁ ଧରି। ନା ବନବାସ ମାନେ ବନବାସ। କଥା ରକ୍ଷା ସହ ମର୍ଯ୍ୟାଦା ରକ୍ଷା। ଲଙ୍କା ଆକ୍ରମଣ ବେଳେ ଅଯୋଧାରୁ ମଗାଇ ପାରିଥାଆନ୍ତେ ସୈନ୍ୟ ସାମନ୍ତ, ହାତୀଘୋଡ଼ା। ବାନର ଭଲ୍ଲୁକ ମାନଙ୍କ ସହଯୋଗରେ ଲଙ୍କା ବିଜୟ କଲେ। ପ୍ରକୃତି ସହ ମାନବର ସହାବସ୍ଥାନର ଏହା ଏକ ବଡ଼ ଆଦର୍ଶ ଉଦାହରଣ ବୋଲି ପିଲାଟି ବେଳୁ ଭାବି ଆସିଛି। ରାଜା କିପରି ରାଜଧର୍ମ ପାଳନବେଳେ ପ୍ରଜାଙ୍କୁ ରଖିବ ଆଗରେ। ପ୍ରଜାଙ୍କ ଶଙ୍କା-ଆଶଙ୍କା ଦୂର ଏବଂ ରାଜଧର୍ମ ମର୍ଯ୍ୟାଦା ରକ୍ଷା ପାଇଁ ପତ୍ନୀଙ୍କୁ କଠୋର ପରୀକ୍ଷା ପାଇଁ କହିବା ଶ୍ରୀରାମଙ୍କ ଭଳି ମର୍ଯ୍ୟାଦା ପୁରୁଷୋତ୍ତମ ହିଁ କରିପାରନ୍ତି। ମୋ ମନରେ ବାରବାର ପ୍ରଶ୍ନ ରାମଙ୍କ ଭଳି ପୁଅ ହୋଇପାରିଛି ? ରାମଙ୍କ ଭଳି ଭାଇ ହୋଇପାରିଛି, ରାମଙ୍କ ଭଳି ବନ୍ଧୁ ହୋଇପାରିଛି, ରାମ ଭଳି ମର୍ଯ୍ୟାଦା ରକ୍ଷା କରି ନିଷ୍ପତ୍ତି ନେଇଛି ଏ ଯାଏଁ ଜୀବନରେ ? ମୋର ତେଣୁ ମନ ଭିତରେ ଶ୍ରୀରାମଙ୍କୁ ଖୋଜିବା ଆରମ୍ଭ ହୋଇଯାଇଛି।

*ରୋଟାରୀ କ୍ଲବ, କଟକ - ବାରବାଟୀ,*
*ସିଡ଼ିଏ, କଟକ,*
*ଦୂରଭାଷ : ୯୮୬୧୫୭୫୨୩୭*

# ଗଣତନ୍ତ୍ର ପ୍ରତି ବିଦ୍ରୂପ



ସୌଭାଗ୍ୟ ରଂଜନ ମହାନ୍ତି(ରାଜା)

କେନ୍ଦ୍ରଶାସିତ ଅଂଚଳ ଚଣ୍ଡିଗଡ ମହାନଗର ନିଗମର ମେୟର ନିର୍ବାଚନରେ ସ୍ୱଚ୍ଛ, ଅବାଧ ଓ ନିରପେକ୍ଷ ନିର୍ବାଚନକୁ ଯେଉଁଭଳି ଢଙ୍ଗରେ ଜାଲିଆତି କରାଯାଇପାରିଲା, ତାହା ଗଣତନ୍ତ୍ର ପାଇଁ କେବଳ ବିଦ୍ରୂପ ନୁହେଁ, ଭବିଷ୍ୟତରେ ଗୁରୁତର ବିପଦ ସୃଷ୍ଟି କରିପାରେ ବୋଲି ନିସନ୍ଦେହରେ କୁହାଯାଇପାରିବ। ତେବେ ସୌଭାଗ୍ୟର କଥା ସର୍ବୋଚ୍ଚ ଅଦାଲତ ମେୟର ନିର୍ବାଚନ ଜାଲିଆତି, ଛଳନା ନେଇ ତୀବ୍ର ଭର୍ତ୍ସନା କରିବା ସହ ପ୍ରିଜାଇଡିଂ ଅଫିସରଙ୍କ ଭୂମିକା ଗଣତନ୍ତ୍ର ପ୍ରତି ଅପମାନ ବୋଲି ଦର୍ଶାଇବା ସହ କଦାପି ଗଣତନ୍ତ୍ରକୁ ହତ୍ୟା କରିବା ପାଇଁ ଆମେ ସୁଯୋଗ ଦେବୁନାହିଁ ବା ବରଦାସ୍ତ କରିବୁ ନାହିଁ ବୋଲି କହିଛନ୍ତି। ମେୟର ଭୋଟ ଗ୍ରହଣ ସମୟର ଭିଡିଓଗ୍ରାଫି ଚଣ୍ଡିଗଡ ହାଇକୋର୍ଟର ରେଜିଷ୍ଟ୍ରାର ନିକଟରେ ଦାଖଲ କରିବା ପାଇଁ ସୁପ୍ରିମକୋର୍ଟର ପ୍ରଧାନ ବିଚାରପତି ନିର୍ଦ୍ଦେଶ ଦେବା ସହ ବ୍ୟକ୍ତିଗତ ଭାବେ ଅଦାଲତରେ ହାଜର ହେବା ପାଇଁ ପ୍ରିଜାଇଡିଂ ଅଫିସରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏଥି ସହ ବ୍ୟାଲେଟ ପେପରୁ ପ୍ରିଜାଇଡିଂ ଅଫିସର ଜାଣିଶୁଣି ବିକୃତ କରିଦେଇଥିବା ପ୍ରଧାନ ବିଚାରପତି ଜଷ୍ଟିସ ଡି.ୱାଇ ଚନ୍ଦ୍ରଚୂଡ ମନ୍ତବ୍ୟ ଦେବା ସହ ଗଣତନ୍ତ୍ର ପ୍ରତି ଏହା ବିଦ୍ରୂପ ବୋଲି ଦର୍ଶାଇଛନ୍ତି। ତେବେ ଚୂଡାନ୍ତ ରାୟ ପ୍ରକାଶ ନପାଇବା ପର୍ଯ୍ୟନ୍ତ ମହାନଗର ନିଗମର ବୈଠକ ଉପରେ ସର୍ବୋଚ୍ଚ ଅଦାଲତ କଟକଣା ଜାରି କରିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ଚଣ୍ଡିଗଡ ମହାନଗର ନିଗମର ୩୫ଜଣ ନିର୍ବାଚିତ କର୍ପୋରେଟରଙ୍କ ସହ ସ୍ଥାନୀୟ ଲୋକସଭା ସଦସ୍ୟଙ୍କ ମେୟର ନିର୍ବାଚନରେ ମତଦାନ ଅଧିକାର ରହିଛି। ୩୫ଜଣ ନିର୍ବାଚିତ କର୍ପୋରେଟରଙ୍କ ମଧ୍ୟରୁ ଆମ ଆଦମୀ ପାଟି(ଏଏପି) । ୧୩ଜଣ ସଦସ୍ୟ ଥିବାବେଳେ କଂଗ୍ରେସର ୭ଜଣ ଏବଂ ବିଜେପିର ୧୫ଜଣ ସଦସ୍ୟ ଅଛନ୍ତି। ଗତ ଜାନୁଆରୀ ମାସ ୧୮ତାରିଖ ଦିନ ମେୟର ନିର୍ବାଚନ ପାଇଁ ଦିବସ ଧାର୍ଯ୍ୟ ହୋଇଥିଲା। ମାତ୍ର ମେୟର ନିର୍ବାଚନ ପାଇଁ ସମସ୍ତ ପ୍ରସ୍ତୁତି ଚୂଡାନ୍ତ ହୋଇଥିବାବେଳେ ମନୋନୀତ କର୍ପୋରେଟର ତଥା ବିଜେପି ସଂଖ୍ୟାଲଘୁ ସେଲର କର୍ମକର୍ତ୍ତା ଅସୁସ୍ଥ ଥିବା ଦର୍ଶାଇ ନିର୍ବାଚନକୁ ପ୍ରିଜାଇଡିଂ ଅଫିସର ଅନିଲ ମିସି ସ୍ଥଗିତ ରଖିଥିଲେ। ପୁନର୍ବାର ଫେବୃୟାରୀ ୬ତାରିଖ ଦିନ ମେୟର ନିର୍ବାଚନ ପାଇଁ ଦିବସ ଧାର୍ଯ୍ୟ କରାଯାଇଥିଲା। ଯାହାକି ଘୋଡା ବେପାର ପାଇଁ ପଥ ପର୍ଯ୍ୟାପ୍ତ ସୁଯୋଗ ସୃଷ୍ଟି କରିଥିଲା ବୋଲି କୁହାଯାଇପାରେ। କିନ୍ତୁ ପଞ୍ଜାବ ଓ ହରିଆନା ହାଇକୋର୍ଟଙ୍କ ନିର୍ଦ୍ଦେଶରେ ଜାନୁୟାରୀ ୩୦ତାରିଖ ଦିନ ମେୟର ନିର୍ବାଚନ ଲାଗି ଦିବସ ଧାର୍ଯ୍ୟ ହୋଇଥିଲା। ନିର୍ବାଚନ ପରିଚାଳନା ପାଇଁ ଅନିଲ ମିସିଙ୍କୁ ନିଯୁକ୍ତ କରାଯାଇଥିଲା। ମହାନଗର ନିଗମରେ ଆମ ଆଦମୀ ପାର୍ଟି ଓ କଂଗ୍ରେସର ୨୦ଜଣ ସଦସ୍ୟ ଥିବାବେଳେ ଆପର ଜଣେ ଓ କଂଗ୍ରେସର ୭ଜଣ ସଦସ୍ୟଙ୍କର ଭୋଟ କାଗଜକୁ ପ୍ରିଜାଇଡିଂଅଫିସର ନାକଚ କରିଦେଇଥିଲେ। ମାତ୍ର ୧୬ଟି ଭୋଟ ପାଇଥିବା ବିଜେପି ପ୍ରାର୍ଥୀ ମନୋଜ ସୋଙ୍କରଙ୍କୁ ପ୍ରିଜାଇଡିଂ ଅଫିସର ମେୟର ନିର୍ବାଚିତ ହୋଇଥିବା ଘୋଷଣା କରିଥିଲେ। ସାଧାରଣତଃ ଛୋଟ ଛୋଟ ନିର୍ବାଚିତ ସଂସ୍ଥାରେ ହାତ ଟେକି ପ୍ରାର୍ଥୀଙ୍କୁ ନିର୍ବାଚିତ କରିବା ସରଳ ପନ୍ଥା ଗ୍ରହଣ କରାଯାଇଥାଏ। ଛୋଟ ଛୋଟ ନିର୍ବାଚିତ ସଂସ୍ଥା କ୍ରସ ଭୋଟିଂର ଆଶଙ୍କା ଥିବାରୁ ଏହି ପଦ୍ଧତିରେ ମୁଖ୍ୟଙ୍କୁ ନିର୍ବାଚିତ କରାଯାଇଥିବାବେଳେ ଚଣ୍ଡିଗଡ ମେୟର ନିର୍ବାଚନରେ ଭୋଟ ପେପରରେ ମତଦାନ ଗ୍ରହଣ କରାଯାଇଥିଲା। ଭୋଟ ଗଣତି ସମୟରେ ପ୍ରିଜାଇଡିଂ ଅଫିସର ଆମ ଆଦମୀ ପାର୍ଟିର ଜଣେ ଓ କଂଗ୍ରେସର ୭ଜଣ କର୍ପୋରେଟରଙ୍କ ଭୋଟକୁ ନାକଚ କରିଦେଇଥିଲେ। ଏପରି କି କେଉଁଥିପାଇଁ ଭୋଟକୁ ନାକଚ କରାଗଲା, ତାହା ସ୍ୱଷ୍ଟ କରିନଥିଲେ। କେବଳ ଏତିକି ନୁହେଁ, ନାକଚ ଭୋଟ କାଗଜକୁ ଦେଖାଇବାକୁ ମଧ ମନା କରିଦେଇଥିଲେ। ଏହା ବିରୁଦ୍ଧରେ ଉଭୟ ଆମ ଆଦମୀ ପାର୍ଟି ଏବଂ କଂଗ୍ରେସ ସୁପ୍ରିମକୋର୍ଟ ଦ୍ୱାରସ୍ତ ହୋଇଥିଲେ। ସୁପ୍ରିମକୋର୍ଟର ପ୍ରଧାନ ବିଚାରପତି ଜଷ୍ଟିସ୍ ଶ୍ରୀ ଚନ୍ଦ୍ରଚୂଡ ମାମଲାର ଶୁଣାଣୀ କରି ତୁରନ୍ତ ସମସ୍ତ ଭୋଟ କାଗଜ ଚଣ୍ଡିଗଡ ହାଇକୋର୍ଟରେ ରେଜିଷ୍ଟାରଙ୍କ ନିକଟରେ ଦାଖଲ କରିବା କାଗଜ ଚଣ୍ଡିଗଡ ହାଇକୋର୍ଟର ରେଜିଷ୍ଟାରଙ୍କ ନିକଟରେ ଦାଖଲ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ । ଆହୁରି ମଧ ଭୋଟ ଗ୍ରହଣ ସମୟର ଭିଡିଓ ଗ୍ରାଫି ଅଦାଲତରେ ତୁରନ୍ତ ଦଖଲ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଯେଉଁଥିରୁ ଭୋଟ କାଗଜରେ କାଳିବୋଳି ବିକୃତ କରାଯାଇଥିବା ଜଣାଯାଇଛି। କହିବା ବାହୁଲ୍ୟ ଯେ, ସଂଖ୍ୟାବଳରେ ଅସମ୍ଭବକୁ ସମ୍ଭବ କରିବା ଗଣତନ୍ତ୍ରରେ ବହୁ ଉଦାହରଣ ରହିଛି। ତେବେ ଆବଶ୍ୟକୀୟ ସଂଖ୍ୟା ନଥିବା ଗୋଟିଏ ଦଳର ପ୍ରାର୍ଥୀ ମୁଖ୍ୟ ଭାବେ ନିର୍ବାଚିତ ହେବା ଏହା ପ୍ରଥମ ଘଟଣା ହୋଇନପାରେ। ମାତ୍ର ନିର୍ବାଚନରେ ସଂଖ୍ୟାଲଘୁ ଦଳକୁ ବିଜୟୀ କରିବା ପାଇଁ କି କି ଅନିୟମିତତା କରାଯାଇପାରେ, ତାହା ଚଣ୍ଡିଗଡ ମେୟର ନିର୍ବାଚନ ସ୍ୱଷ୍ଟ ସଂକେତ ପ୍ରଦାନ କରେ। ତବେ ଏଭଳି ଜାଲିଆତି ପାଇଁ ପ୍ରଜାଇଡିଂ ଅଫିସରଙ୍କ ଉପରେ କିଏ ଚାପ ପକାଇଥିଲେ, ତାହା ତଦନ୍ତ ହେବା ଜରୁରୀ। ଆହୁରି ମଧ ସର୍ବୋଚ୍ଚ ଅଦାଲତ ନିର୍ବାଚନକୁ ଅସିଦ୍ଧ ଘୋଷଣା କରି ପୁନର୍ବାର ମତଦାନ ପାଇଁ ନିର୍ଦ୍ଦେଶ ଦେଲେ ଗଣତନ୍ତ୍ର ପ୍ରତି ଯଥାର୍ଥ ନ୍ୟାୟ ହେବ।

*ସମ୍ମାନ ଭବନ,*
*ପ୍ଲଟ ନଂ-୫୮/୩୫୮୧,*
*ଗାଙ୍ଗୋତ୍ରୀ ନଗର,ରୋଡ ନଂ-୩,*
*ଶିଶୁପାଳଗଡ,-୭୫୧୦୦୨*
*ମୋବାଇଲ ନଂ-୯୪୩୭୯୯୪୩୭୯*




# କୃଷି ବିଲ୍‌କୁ ବିରୋଧ କରି ଖୋର୍ଦ୍ଧା ଜିଲ୍ଲା କଂଗ୍ରେସ ପକ୍ଷରୁ ବିକ୍ଷୋଭ ଓ ସମାବେଶ

ଖୋର୍ଦ୍ଧା (ପିଏନ)-କେନ୍ଦ୍ରରେ ନରେନ୍ଦ୍ର ମୋଦି ସରକାର ଆଣିଥିବା କୃଷି ବିଲ ହେଉଛି କୃଷି ମାରଣ ବିଲ୍। ଏହି ବିଲ୍ ପାସ୍ ହେବା ଦ୍ୱାରା ବଡ ବଡ କମ୍ପାନୀ ଓ ପୁଞ୍ଜିପତିଙ୍କ ସ୍ୱାର୍ଥକୁ ଗୁରୁତ୍ୱ ଦିଆଯାଇଛି। ଏହି କୃଷି ମାରଣ ବିଲ୍‌କୁ ସାରା ଭାରତବର୍ଷରେ ଚାଷୀ, ସାଧାରଣ ଲୋକ ବିରୋଧ କରୁଥିବା ବେଳେ ଓଡିଶାରେ ମଧ ବିରୋଧ କରାଯାଇଛି। ଏହି ଅବସରରେ କିଛି ଦିନ ତଳେ ପ୍ରଦେଶ କଂଗ୍ରେସ ପକ୍ଷରୁ ବାଲେଶ୍ୱର ଠାରେ ଏକ ରାଜ୍ୟସ୍ତରୀୟ କୃଷି ସମାବେଶ ଅନୁଷ୍ଠିତ ହୋଇଥିଲା। ସେହିପରି ଆଜି ଖୋର୍ଦ୍ଧା ଜିଲ୍ଲା କଂଗ୍ରେସ ପକ୍ଷରୁ ଖୋର୍ଦ୍ଧାରେ ଚାଷୀ ସମାବେଶ ଅନୁଷ୍ଠିତ ହୋଇଯାଇଛି। ପ୍ରାକ୍ତନ ଖୋର୍ଦ୍ଧା ଜିଲ୍ଲା କଂଗ୍ରେସ ସଭାପତି ତଥା ଜଟଣୀ ବିଧାୟକ ସୁରେଶ କୁମାର ରାଉତରାୟଙ୍କ ନେତୃତ୍ୱରେ ଶହ ଶହ କଂଗ୍ରେସ କର୍ମୀ ଏବଂ ଚାଷୀ ସେମାନଙ୍କ ଟ୍ରାକ୍ଟର ଓ ହଳଲଙ୍ଗଳ ଧରି ଅଭିନବ ଉପାୟରେ ଏକ ଶୋଭାଯାତ୍ରାରେ ଯାଇ ଜିଲ୍ଲାପାଳଙ୍କ ଅଫିସ ଘେରାଉ କରିଥିଲେ। କୃଷି ବିଲ୍ ଆଇନ୍‌ର ପ୍ରତ୍ୟାହାର ଦାବିରେ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଜିଲ୍ଲାପାଳଙ୍କ



ଅନୁପସ୍ଥିତିରେ ତହସିଲ୍‌ଦାରଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଥିଲା। ଏହି କୃଷି ବିଲ୍ ପାରିତ ହେବା ଦ୍ୱାରା କୃଷକମାନେ କେତେ ଯେ ହଇରାଣ ହରକତ ହେବେ ବୋଲି ବିଧାୟକ ସୁରେଶ କୁମାର ରାଉତରାୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କୁ ତୀବ୍ର ସମାଲୋଚନା କରିଥିଲେ। ଓଡିଶାରେ କଂଗ୍ରେସ ସରକାର ସମୟରେ ଚାଷୀମାନଙ୍କର ଅଭୂତପୂର୍ବ ଉନ୍ନତି ହୋଇଥିଲା। କୃଷି ଶିଳ୍ପ ସାଂଗକୁ ଜଳସେଚନ ବ୍ୟବସ୍ଥାକୁ ମଜବୁତ କରାଯାଇଥିଲା। ଦିର୍ଘ ୨୧ ବର୍ଷ ଧରି ଏଠାରେ ଶାସନ କରୁଥିବା ନବୀନ ସରକାର ଚାଷୀ ତଥା କୃଷି କ୍ଷେତ୍ରକୁ ଅବହେଳା କରିଛନ୍ତି। ଏହି ଚାଷୀବିଲ୍ ପାରିତ ହେବା ପରେ ଚାଷୀମାନେ ତାଙ୍କ ଖାଦ୍ୟଶସ୍ୟର ଉପଯୁକ୍ତ ମୂଲ୍ୟ ନପାଇବାରୁ ବହୁତ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସାଧାରଣ ଜନତା ବି ଏଥିରୁ ତ୍ରାହି ପାଇନାହାନ୍ତି। ବର୍ତମାନ ଅତ୍ୟାବଶ୍ୟକୀୟ ସାମଗ୍ରୀ, ଫଳ, ପନିପରିବା ଦର ହୁ ହୁ ହୋଇ ବଢ଼ିଚାଲିଛି। ରାଜ୍ୟରେ କରୋନା ମହାମାରୀ ବର୍ତମାନ ସଂକଟ ପରିସ୍ଥିତି ଦେଇ ଗତି କରୁଥିବା ବେଳେ ସାଧାରଣ ଲୋକଟିଏ ଜୀବନ ବଂଚାଇବା ପାଇଁ ସଂଘର୍ଷ କରୁଛି। ଏହି ସମୟରେ ଅତ୍ୟାବଶ୍ୟକୀୟ ସାମଗ୍ରୀ ବଢ଼ିବା ତାଙ୍କ ଉପରେ ବୋଝ ଉପରେ ଲଳିତାବିଡା ସଦୃଶ ହୋଇଛି। ତେଣୁ ଏହି କଳା କୃଷି ବିଲ୍ ଆଇନ୍‌କୁ ସମସ୍ତ ଜନସାଧାରଣ ବିରୋଧ କରିବା ଉଚିତ୍ ବୋଲି ଶ୍ରୀ ରାଉତରାୟ ତାଙ୍କ ଉଦ୍‌ବୋଧନରେ କହିଥିଲେ। ଆଜିର ସମାବେଶରେ ଅନ୍ୟମାନଙ୍କ ମଧରେ କଂଗ୍ରେସ ନେତୃବୃନ୍ଦ ସର୍ବଶ୍ରୀ ଶୁଭେନ୍ଦୁ ମହାନ୍ତି, ପ୍ରଦୀପ ସ୍ୱାଇଁ, ପ୍ରଦୀପ ସାହୁ, ଶିଶିର ପରିଡା, ସଂଗ୍ରାମ ରାଉତରାୟ, ସୁନିଲ୍ ରାଉତରାୟ, ସୁଧାଂଶୁ ମୋହନ ପଟ୍ଟନାୟକ, ତ୍ରିଲୋଚନ ପ୍ରଧାନ, ତପନକାନ୍ତ ଚକ୍ରବର୍ତୀ, ଅମିତ୍ ମହାନ୍ତି, କଳିଙ୍ଗ ସାହୁ, ନୌସର ଅଲ୍ଲୀ, ବୃନ୍ଦାବନ ସାହୁ, ଅନନ୍ତ ବେହେରା, ବାବୁଲି ରାଉତରାୟ, ଦିବାକର ବେହେରା, ପଦୁ ରାୟ, ସଂଜୟ ପଟ୍ଟନାୟକ, ଜୟକୃଷ୍ଣ ମଲିଆ, ସ୍ୱାଗତ କର, ବଟକୃଷ୍ଣ ରାଉତରାୟ, ଜୟନ୍ତ ଭୋଇ, ପ୍ରସାଦ ବଳିୟାରସିଂ, କାଳନ୍ଦି ଚରଣ ନାୟକ, ସୁବାସ ପାତ୍ର ପ୍ରମୁଖ ଶତାଧିକ କଂଗ୍ରେସ କର୍ମୀ ଯୋଗ ଦେଇଥିଲେ।






# ବେସାରିକ ଯୋଗାଣ ବିଭାଗ ଦ୍ୱାରା ପରିଚାଳିତ ଏଚ୍‌ପିସିଏଲ ଗ୍ୟାସ୍ ଗୋଦାମ ପାଇଁ ଜମି ଯୋଗାଇ ଦେବାକୁ ଦାବୀ

କେନ୍ଦୁଝର(ପିଏନ): ଏଚ୍‌ପିସିଏଲ କମ୍ପାନୀ ପକ୍ଷରୁ ଆଡହକରେ ବେସାରିକ ଯୋଗାଣ ବିଭାଗକୁ ଡିଲରସିପ ଦିଆଯାଇଛି। ଗ୍ୟାସ ସିଲିଣ୍ଡର ଷ୍ଟୋରେଜ ପାଇଁ ଆବଶ୍ୟକୀୟ ଷ୍ଟୋରେଜ ପାଇଁ ଆବଶ୍ୟକ ୧ ଏକର ଜମି ମିଳୁନଥିବାରୁ ଡିଲରସିପ ବନ୍ଦ ହେବାକୁ ଯାଉଛି। ନିଜସ୍ୱ ଗୋଦାମ ଘର ନଥିବାରୁ ବିଭିନ୍ନ ବିଭାଗର ଯଥା ଏକ୍ସପ୍ଲୋସିଭ ଲାଇସେନ୍ସ, ଫାୟରସେଫ୍ଟି ଲାଇସେନ୍ସ ୨୬ ବର୍ଷ ଧରି ମିଳିପାରୁନାହିଁ। ଗ୍ୟାସ ସିଲିଣ୍ଡର ଷ୍ଟୋରେଜ ପାଇଁ ଆବଶ୍ୟକୀୟ ଷ୍ଟୋରେଜ ପାଇଁ ଆବଶ୍ୟକ ୧ ଏକର ଜମି ପାଇଁ ବାରମ୍ବାର ସଦର ତହସିଲକୁ ଆବେଦନ କଲେ ମଧ୍ୟ ଜମି ନଥିବା କହି ତହସିଲ ପକ୍ଷରୁ ଅଗ୍ରାହ୍ୟ କରାଯାଉଛି। କେନ୍ଦୁଝର ସଦର ମହକୁମାରେ ଜନାକୀର୍ଣ୍ଣ ତଥା ଶିକ୍ଷାନୁଷ୍ଠାନକୁ ସଂଲଗ୍ନ ଥାଇ ଏକ ବିପଦସଂକୁଳ ଘରେ ଗ୍ୟାସ୍ ଗୋଦାମ ଚାଲୁଥିବାବେଳେ ଜମି ମିଳୁନଥିବାରୁ ଗୋଦାମ ଘର ହୋଇପାରୁନଥିବା ଜଣାପଡିଛି। ତେବେ ସୁରକ୍ଷା ଦୃଷ୍ଟି କୋଣରୁ ଗ୍ୟାସ ଗୋଦାମ ଜନବସତିଠାରୁ ଦୂରରେ କରିବା ପାଇଁ ନିଷ୍ପ ି ହୋଇଥିଲା। କିନ୍ତୁ ରାଜସ୍ୱ ବିଭାଗ ଆବଶ୍ୟକୀୟ ଜମି ଯୋଗାଇ ଦେଉନଥିବାରୁ ଗ୍ୟାସ ଗୋଦାମ ଅନ୍ୟତ୍ର ସ୍ଥାନାନ୍ତର ହୋଇ ପାରୁନାହିଁ। ଓଡିଶା ସରକାରଙ୍କ ଖାଉଟି କଲ୍ୟାଣ ଓ ବେସାମରିକ ଯୋଗାଣ ବିଭାଗ ଅଧିନରେ ଥିବା ଯୋଗାଣ ନିଗମ ନିଗମ ଲିମିଟେଡ ଦ୍ୱାରା ପରିଚାଳିତ ଏହି ଗ୍ୟାସ ଗୋଦାମ ଆବଶ୍ୟକୀୟ ସୁରକ୍ଷା ଅଭାବରୁ ଏହାକୁ ଏଲପିଜି ବିତରଣ କରୁଥିବା କମ୍ପାନୀ ବନ୍ଦ କରିବାକୁ ସ୍ୱଷ୍ଟ ଭାବେ ଜଣାଇଛି। ଏଚ୍‌ପିସିଏଲର ଡିଜିଏମ ଧର୍ମେନ୍ଦ୍ର ବେହୁରା ଗୋଦାମ ଘର ନଥିବାରୁ ବେସାମରିକ ଯୋଗାଣ ବିଭାଗ ଅଧିନରେ ଥିବା ଆଡହକ ଡିଲରସିପ ୩୦ ନଭେମ୍ବର ୨୦୨୦ରେ ବନ୍ଦ କରିବାକୁ ଜିଲ୍ଲା ପରିଚାଳକ ବେସାମରିକ ଯୋଗାଣ ଅଧିକାରୀଙ୍କୁ ଚିଠି କରି ଜଣାଇବା ପରେ କେନ୍ଦୁଝର ସହରରେ ବିଭିନ୍ନ ମହଲରେ ଅସନ୍ତୋଷ ଦେଖାଦେଇଛି। ଏହି ଡିଲରସିପ ଅଧିନରେ ୧୭,୪୦୦ ଉପଭୋକ୍ତା ଅଛନ୍ତି। ସୂଚନାଯୋଗ୍ୟ ଯେ, କେନ୍ଦୁଝର ସହରରେ ଏଚ୍‌ପିସିଏଲ କମ୍ପାନୀ ତରଫରୁ ଗ୍ୟାସ ଯୋଗାଇବା ପାଇଁ ପୂର୍ବରୁ ମେସର୍ସ କେନ୍ଦୁଝର ଗ୍ୟାସ ଏଜେନ୍ସିକୁ ଲାଇସେନ୍ସ ପ୍ରଦାନ କରାଯାଇଥିଲା। ତେବେ ଅନିୟମିତତା ଅଭିଯୋଗରେ ୧୯୯୬ ମସିହାରେ ଏହାର ଲାଇସେନ୍ସ ସସପେଣ୍ଡ ହୋଇଥିଲା। ଏହାପରେ ଏ ସଂପର୍କିତ ଏକ ମାମଲା କୋର୍ଟରେ ବିଚାରଧିନ ଥିବାବେଳେ ଏଚ୍‌ପିସିଏଲ କମ୍ପାନୀ ପକ୍ଷରୁ ଆଡହକରେ ବେସାମରିକ ଯୋଗାଣ ବିଭାଗକୁ ଡିଲରସିପ ଦିଆଯାଇଛି। ସେବେଠାରୁ ବେସାମରିକ ଯୋଗାଣ ବିଭାଗ ସୁଚାରୁରୂପେ ଏଲପିଜି ସିଲିଣ୍ଡର ଲୋକମାନଙ୍କୁ ଘରକୁ ଘର ଗାଡି ଦ୍ୱାରା ସୁଚାରୁରୂପେ ଗ୍ୟାସ ସିଲିଣ୍ଡର ଯୋଗାଣ କରିଆସୁଛି। ଏହି ସଂସ୍ଥା ୨୬ ବର୍ଷ ଧରି ସୁରୁଖୁରୁରେ ଚାଲି ଆସୁଥିବାବେଳେ ବନ୍ଦ ହେଲେ ଗ୍ୟାସ ବିତରଣରେ ବିଭ୍ରାଟ ହେବ ଏବଂ ଉପଭୋକ୍ତାମାନେ ହଇରାଣ ହେବ ବୋଲି ବହୁ ଜନସାଧାରଣ ପ୍ରକାଶ କରିଛନ୍ତି। ଏ ନେଇ ଶୁକ୍ରବାର ଦିନ ବରଦା ପ୍ରସନ୍ନ ଦାସ, ରୁଦ୍ର ନାରାୟଣ ମହାନ୍ତ, ସୁଧାଂଶୁ ଶେଖର ସାହୁ, ଅସିତ୍ ପଟ୍ଟନାୟକ, ରମେଶ ଚନ୍ଦ୍ର ନାୟକ, ରବିନ୍ଦ୍ର କୁମାର ସେଠୀ, ବାସୁଦେବ ରାଜ, ମନୋରଞ୍ଜନ ମଙ୍ଗରାଜ, ଶୁଭେନ୍ଦୁ ସାହୁ, କବିଚରଣ ନାୟକ, ଅଜୟ ଅଗ୍ରୱାଲ, ଅନୀଲ ଅଗ୍ରୱାଲ, କା ିକ ସେଠୀ, ସୌରଭ ମହାପାତ୍ର, ଗୌତମ ମହାପାତ୍ର, ଶାନ୍ତନୁ ମହାନ୍ତି, ଶୁକୁମାର ଦେ,ରଜତ କୁମାର ଗିରି, କୈଳାଶ ଚନ୍ଦ୍ର ଜେନା,ଦେବେନ୍ଦ୍ର ନାଥ ମହାନ୍ତି, ପ୍ରଫୁଲ୍ଲ ଚନ୍ଦ୍ର ମହାନ୍ତି, ସଂଜୟ କୁମାର ମହାନ୍ତ, ରାକେଶ କୁମାର ସାହୁ, ରାମଚନ୍ଦ୍ର ସେଠୀ,ସଂଜୟ କୁମାର ପଣ୍ଡା, ସତ୍ୟାନନ୍ଦ ମହାନ୍ତ, ଶରତ ଚନ୍ଦ୍ର ମହାନ୍ତ, ମନୋଜ କୁମାର ମହାନ୍ତ,ଏମଡି ଇରସାଦ, ସୁବାସ ଚନ୍ଦ୍ର ସାହୁ, ଧରଣୀଧର ମହାନ୍ତ, ନାରାୟଣ ନାୟକ, ପ୍ରଶାନ୍ତ କୁମାର ଭଞ୍ଜଦେଓ ପ୍ରମୁଖଏକ ଦାବୀ ପତ୍ର ମାଧ୍ୟମରେ ବେସାରିକ ଯୋଗାଣ ବିଭାଗକୁ ୧ ଏକର ଜମି ଯୋଗାଇ ଦେବାକୁ ଜିଲ୍ଲାପାଳଙ୍କୁ ଦାବୀ କରିଛନ୍ତି।

# ଅଧିକାର ମାଇକ୍ରୋଫାଇନାନ୍ସ: ମହିଳା ଉଦ୍ୟୋଗୀଙ୍କ ସ୍ୱପ୍ନକୁ ସାକାର କରୁଛି

ସମ୍ବଲପୁର(ପିଏନ) : ମହିଳାମାନଙ୍କୁ ସ୍ୱାବଲମ୍ବୀ କରିବାରେ ମାଇକ୍ରୋଫାଇନାନ୍ସ ଏକ ଗୁରୁତ୍ୱପୂର୍ଣ୍ଣ ସହାୟକ ଭୂମିକା ନିର୍ବାହ କରୁଛି। ଓଡ଼ିଶାର ବଲାଙ୍ଗୀର ଜିଲା ଅନ୍ତର୍ଗତ ଖଇରଟିକ୍ରା ଗ୍ରାମର ଜଣେ ଅଧିବାସୀ ପୁଷ୍ପାଞ୍ଜଳି ମେହେରଙ୍କ ଅଭିବୃଦ୍ଧି କାହାଣୀ ତାଙ୍କ ସମେତ ଅନ୍ୟ ବହୁ ଆର୍ଥିକ ଦୃଷ୍ଟିରୁ ଦୁର୍ବଳ ମହିଳାଙ୍କ ଜୀବନରେ ମାଇକ୍ରୋ-କ୍ରେଡିଟର ଗୁରୁତ୍ୱକୁ ପ୍ରଦର୍ଶିତ କରୁଛି, ଯେଉଁମାନଙ୍କ ପାଇଁ ମୁଖ୍ୟସ୍ରୋତ ବ୍ୟାଙ୍କିଙ୍ଗ୍ ସେବା ପାଇବାକୁ ସୀମିତ ସୁଯୋଗ ରହିଥିଲା। ତାଙ୍କ ସାହସ ଏବଂ ଏକାଗ୍ରତାର କାହାଣୀ ତାଙ୍କୁ ତାଙ୍କ ପରିବାରକୁ ଦାରିଦ୍ର୍ୟ ମଧ୍ୟରୁ ଆର୍ଥିକ ସ୍ଥିରତା ଆଡକୁ ଅଗ୍ରସର କରାଇବାର ଦୀର୍ଘପଥ ଅଗ୍ରସର କରାଇଛି। ପୁଷ୍ପାଞ୍ଜଳିଙ୍କର ଚାରିଜଣିଆ ପରିବାରରେ ତାଙ୍କ ସ୍ୱାମୀ ଏବଂ ଦୁଇଜଣ ବଡ ପିଲା ଅଛନ୍ତି, ଯେଉଁମାନେ ପରିବାରର ଦୈନନ୍ଦିନ ଆବଶ୍ୟକତା ପୂରଣ ପାଇଁ ସଂଗ୍ରାମ କରୁଥିଲେ। ପୁଷ୍ପାଞ୍ଜଳିଙ୍କ ସ୍ୱାମୀ ଏକ କ୍ଷୁଦ୍ର ତନ୍ତ ଦୋକାନରେ ଜଣେ ସହାୟକ ଭାବେ କାମ କରନ୍ତି। ତାଙ୍କ କାର୍ଯ୍ୟରୁ ମିଳୁଥିବା ଅତି ସ୍ୱଳ୍ପ ଆୟ ପରିବାରର ଆବଶ୍ୟକତା ପୂରଣ କରିବାକୁ ପର୍ଯ୍ୟାପ୍ତ ନଥିଲା। ସେମାନଙ୍କ ଅବସ୍ଥା ଏତେ ଖରାପ ଥିଲା ଯେ ସେମାନେ ପରିବାର ପାଇଁ ଦିନକରେ ଗୋଟିଏ ଥର ପେଟପୁରା ଖାଇବା ଯୋଗାଡ କରିବାକୁ ଅସମର୍ଥ ଥିଲେ। ପ୍ରତିଟି ଦିନ ଅତିବାହିତ ହେବାସହିତ



ସେମାନଙ୍କ ଅବସ୍ଥା ଅଧିକରୁ ଅଧିକ ଖରାପ ହେବାକୁ ଲାଗିଲା, ଏବଂ ସେମାନଙ୍କୁ ଅଣଆନୁଷ୍ଠାନିକ ଋଣଦାତାଙ୍କ ଉପରେ ନିର୍ଭର କରିବାକୁ ପଡିଲା, ଯାହା ମାତ୍ରାଧିକ ସୁଧହାର ଯୋଗୁଁ ସେମାନଙ୍କ ପାଇଁ ଅଧିକ ବୋଝ ହୋଇପଡିଲା। ଏଭଳି ପରିସ୍ଥିତିରେ ଭାଙ୍ଗିପଡିଥିବା ପୁଷ୍ପାଞ୍ଜଳି ନିଜେ ଆର୍ଥିକ ସ୍ୱାବଲମ୍ବୀ ହୋଇ ପରିବାରର ସ୍ଥିତିରେ ଉନ୍ନତି ଆଣିବାକୁ ସ୍ଥିରକଲେ। ସେ ଅଧିକାର ମାଇକ୍ରୋଫାଇନାନ୍ସର ମାଇକ୍ରୋଫାଇନାନ୍ସ ସୁବିଧା ସମ୍ପର୍କରେ ଅବଗତ ହେଲେ, ଅଧିକାରର ଟିମ୍ ନିକଟରୁ ସେମାନଙ୍କ ସେବା ସମ୍ପର୍କରେ ବିସ୍ତୃତ ଭାବେ ବୁଝିବା ପରେ ସେ ତୁରନ୍ତ ଅଧିକାରର ଜଣେ ସଦସ୍ୟ ହୋଇଗଲେ। ଏକ କ୍ଷୁଦ୍ର ତନ୍ତ ଦୋକାନ ଆରମ୍ଭ କରିବାକୁ ପ୍ରଥମେ ସେ ୧୦,୦୦୦ ଟଙ୍କା ଋଣ ନେଲେ। ନିଜ ସ୍ୱାମୀଙ୍କର ବୁଣାବୁଣି ଅଭିଜ୍ଞତାକୁ ଉପଯୋଗ କରି ସେମାନେ ସୁନ୍ଦର ସୁନ୍ଦର ସମ୍ବଲପୁରୀ ଶାଢୀ ତିଆରି କରିବା ଆରମ୍ଭକଲେ, ଯାହାକୁ ଗ୍ରାହକମାନେ ଅତ୍ୟନ୍ତ ପସନ୍ଦକଲେ ଏବଂ ସେମାନଙ୍କର ଆୟ ବୃଦ୍ଧିପାଇବାକୁ ଲାଗିଲା। ତାଙ୍କର ନିରବଚ୍ଛିନ୍ନ ପ୍ରୟାସ ବଳରେ ତାଙ୍କ ବ୍ୟବସାୟ ଲୋକପ୍ରିୟତା ହାସଲ କଲା ଏବଂ ତାହା ସେମାନଙ୍କ ଆର୍ଥିକ ସ୍ଥିତିରେ ଉନ୍ନତି ଆଣିଲା। ସେମାନେ ମାସକୁ ୬୦୦୦ରୁ ୭୦୦୦ ଟଙ୍କା ପର୍ଯ୍ୟନ୍ତ ଆୟ କରିବା ଆରମ୍ଭକଲେ। ତାଙ୍କର ପ୍ରଥମ ଋଣ ଅର୍ଥ ସଫଳତାର ସହିତ ପରିଶୋଧ କରିବାପରେ ସେ ନିଜ ବ୍ୟବସାୟ ସମ୍ପ୍ରସାରଣ କରିବାକୁ ଆଉ ୩୫,୦୦୦ ଟଙ୍କା ଋଣ ନେଲେ। କଠିନ ପରିଶ୍ରମ, ଅଧ୍ୟବସାୟ ଏବଂ ଅଧିକାର ନିକଟରୁ ସାମାନ୍ୟ ସମର୍ଥନ ପାଇ ପୁଷ୍ପାଞ୍ଜଳି ତାଙ୍କ ଜୀବନରେ ସକାରାତ୍ମକ ପରିବର୍ତ୍ତନ ଆଣିବାକୁ ସମର୍ଥ ହେଲେ।

## ଧଣ୍ଡାମୁଣ୍ଡା ରେ ଆମ ଓଡ଼ିଶା ନବୀନ ଓଡ଼ିଶା ସଚେତନତା କାର୍ଯ୍ୟକ୍ରମ

ଖପ୍ରାଖୋଲ ,(ପିଏନ) ଖପ୍ରାଖୋଲ ବ୍ଲକ୍ ଧଣ୍ଡାମୁଣ୍ଡା ହାଇସ୍କୁଲ ଖେଳ ପଡିଆ ଠାରେ ପଞ୍ଚାୟତ ସ୍ତରୀୟ ଆମ ଓଡ଼ିଶା ନବୀନ ଓଡ଼ିଶା ସଚେତନତା କାର୍ଯ୍ୟକ୍ରମ ଶନିବାର ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ସ୍ଥାନୀୟ ସରପଞ୍ଚ ବୈଦ୍ୟନାଥ ମିଶ୍ର ଅଧକ୍ଷତା କରିଥିବା ବେଳେ ମୁଖ୍ୟ ଅତିଥି ରୂପେ ବିଡ଼ିଓ ବିବେକାନନ୍ଦ ଷଡ଼ଙ୍ଗୀ, ସମ୍ମାନିତ ଅତିଥି ରୂପେ ବ୍ଲକ୍ ଉପାଧକ୍ଷ ସୁଖିରାମ୍ ସାଣ୍ଡ, ଜି ପି ଇ ଓ ପରମେଶ୍ୱର ନାଏକ, ପି ଇ ଓ ପୃଥ୍ୱୀ ରାଜ ରାଉତ, ଯୋଗାଣ ସହାୟିକା ସୁଜାତା ସାହୁ ପ୍ରମୁଖ ଯୋଗଦେଇ ରାଜ୍ୟ ସରକାରଙ୍କ ବିଭିନ୍ନ ଲୋକାଭିମୁଖୀ ଯୋଜନା ଉପରେ ଆଲୋକପାତ କରିଥିଲେ।

# କାଦୁଅ ବିଲରେ ଫସି ହାତୀ ଶାବକର ମୃତ୍ୟୁ

କେନ୍ଦୁଝର(ପିଏନ)-ଭୂୟାଁ ଜୁଆଙ୍ଗ ପୀଢ କୁଶକଳା ବିଟ୍ ଅନ୍ତର୍ଗତ ନଡାପାଣି ଗାଁ ବିଲ କାଦୁଅରେ ଫସି ଗୋଟିଏ ୨ବର୍ଷର ହାତୀ ଶାବକର ମୃତ୍ୟୁ ହୋଇଥିବା ଜଣାପଡିଛି। ୯ଟି ହାତୀ ଥିବା ଗୋଟିଏ ଦଳ ଗୁରୁବାର ଦିନ ପାହାଡତଳ ଗାଁ ନଡାପାଣିରେ ରହିଥିଲେ। ଏହି ଦଳରେ ୨ଟି ଦନ୍ତା, ୪ଟି ମାଈ ଓ ୩ଟି ଛୁଆ ହାତୀ ଥିଲେ। ବନବିଭାଗର ସ୍କ୍ୱାର୍ଡ ମଧ୍ୟ ଏହି ଦଳ ଉପରେ ତୀକ୍ଷଣ ନଜର ରଖିଥିଲା। ତେବେ ଭୋର ସମୟରେ ହାତୀ ଦଳ କାଦୁଅ ବିଲ ଦେଇ ଯାଉଥିବାବେଳେ ୨ବର୍ଷର ଶାବକଟି କାଦୁଅରେ ଫସି ଯାଇଥିଲା। ଅନ୍ୟ ହାତୀମାନେ ଶାବକଟିକୁ କାଦୁଅରୁ ଉଦ୍ଧାର କରିବାକୁ ଚେଷ୍ଟା କରି ବିଫଳ



ହୋଇଥିଲେ। ଶୁକ୍ରବାର ସକାଳୁ ସ୍ଥାନୀୟ ଲୋକେ ହାତୀ ଗର୍ଜନ ଶୁଣି ବନବିଭାଗକୁ ଖବର ଦେଇଥିଲେ। ବିଜେପି ରେଞ୍ଜର ମାନସ କୁମାର ମୁର୍ମୁ,ଶୁଆକାଟୀ ଫରେଷ୍ଟର ଟିକେଶ୍ୱର ମହାନ୍ତ ଏବଂ ଅନ୍ୟ ବନ କର୍ମଚାରୀ ଘଟଣାସ୍ଥଳରେ ସକାଳ ୯ଟା ସମୟରେ ପହ ିବା ବେଳକୁ ହାତୀ ଶାବକଟିର ମୃତ୍ୟୁ ହୋଇଯାଇଥିବା ଦେଖିବାକୁ ମିଳିଥିଲା। କେନ୍ଦୁଝର ଡିଏଫ୍‌ଓ ସ୍ୱୟମ ମଲ୍ଲିକ ଘଟଣାସ୍ଥଳକୁ ଯାଇ ତଦନ୍ତ କରି ଫେରିଥିବାବେଳେ ଶନିବାର ଦିନ ହାତୀ ଶାବକଟିର ଶବ ବ୍ୟବଚ୍ଛେଦ କରାଯିବ ବୋଲି ଜଣାପଡିଛି।

# ନ୍ୟାୟ ଅପେକ୍ଷାରେ ବରିଷ୍ଠ ନାଗରିକ

ପାରାଦୀପ, ଆଜିର ସଭ୍ୟ ଶିକ୍ଷିତ ସମାଜରେ ବାପା ମାଆଙ୍କୁ ହଇରାଣ କରିବା ଓ ନିର୍ଯାତନା ଦେବା ଏବଂ ଘରୁ ବାହାର କରିଦେବା ଏକ ସାମାଜିକ ବ୍ୟାଧି ହୋଇଗଲାଣି । ଏମିତି ଏକ ଘଟଣା ଦେଖିବାକୁ ମିଳିଛି ଜଗତସିଂହପୁର ଜିଲ୍ଲାର ଚ଼ଟୁଆ ପଞ୍ଚାୟତ ଅଧୀନ ଜନାର୍ଦ୍ଦନପୁର ଗ୍ରାମରେ । ଜନାର୍ଦ୍ଦନପୁର ଗ୍ରାମ ର ଗୋପୀନାଥ ପାତ୍ର, ବୟସ ୮୦ ଆଜକୁ ଦଶ ବର୍ଷ ହେବ ପୁଅ ବୋହୂଙ୍କ ଠାରୁ ନିର୍ଯାତିତ ହୋଇ ଆସୁଛନ୍ତି । ଏମିତି କି ଗୋପୀନାଥଙ୍କ ସାନ ପୁଅ ଗାଡ଼ି ଦୁର୍ଘଟଣାରେ ମୃତ୍ୟୁବରଣ କରିବା ପରେ ତା'ର ସହାୟତା ରାଶିରେ ମିଳିଥିବା ୯ ଲକ୍ଷ୍ୟ ଟଙ୍କାକୁ ବାପାଙ୍କ ଠାରୁ ଜୋର ଜବରଦସ୍ତି ନେଇ ଯାଇ ବାପାଙ୍କୁ ବିଭିନ୍ନ ପ୍ରକାରର ଶାରୀରିକ ଓ ମାନସିକ ନିର୍ଯାତନା ଦେଇ ଘରୁ ବାହାର କରିଦେଇଛି ପୁଅ । ବୃଦ୍ଧ ବାପା ଜଣକ ପେଟକୁ ଗଣ୍ଡେ ଦାନା ଯୋଗାଡ଼ କରିବା ପାଇଁ କେତେବେଳେ ମନ୍ଦିର ତ କେତେ ?ଳେ ମଠରେ ଆଶ୍ରୟ ନେଉଛନ୍ତି । ଏମିତି ଏକ ହୃଦୟ ବିଦାରକ ଘଟଣା ବିଷୟରେ ବୃଦ୍ଧ ଜଣକ ସେବା ଓ ଆଧାତ୍ମିକ ଧର୍ମ ସଂଗଠନ ବ୍ୟାସ ଫାଉଣ୍ଡେସନର ଉପସଭାନେତ୍ରୀ ରଶ୍ମିତା ନାୟକଙ୍କ ସହ ଯୋଗାଯୋଗ କରିଥିଲେ । ବ୍ୟାସ ଫାଉଣ୍ଡେସନର ଅଧକ୍ଷା ଶ୍ରୀମତୀ ସ୍ନେହମୟୀ ଆଚାର୍ଯ୍ୟ, ରଶ୍ମିତା ନାୟକ, ସଭ୍ୟ ମନୋଜ ପ୍ରଧାନ ଅସହାୟ ଗୋପୀନାଥଙ୍କୁ ଜଗତସିଂହପୁର ଉପଜିଲ୍ଲାପାଳଙ୍କ ନିକଟକୁ ନ୍ୟାୟ ପ୍ରଦାନ ପାଇଁ ପହଞ୍ଚାଇଥିଲେ । ଏଠାରେ ସୂଚନାଥାଉକି ବରିଷ୍ଠ ନାଗରିକଙ୍କ ପାଇଁ ବିଭିନ୍ନ ପ୍ରକାରର ଆଇନ ପ୍ରଣୟନ କରାଯାଉଥିଲେ ମଧ ତାହା ଯଦି ସଠିକ୍ ଭାବରେ କାର୍ଯ୍ୟକାରୀ କରାଯାଆନ୍ତା ତାହେଲେ ଏମିତି ବରିଷ୍ଠ ନାଗରିକ ମାନେ ନିଜର ଅସହାୟତାକୁ ନେଇ ଆଇନର ଦ୍ୱାରସ୍ଥ ହୁଅନ୍ତେ ନାହିଁ କିମ୍ବା ଜରାଶ୍ରମକୁ ଶେଷ ଆଶ୍ରୟ ବୋଲି ନଭାବି ଆଇନ୍ ଉପରେ ଆଶା ପ୍ରକଟ କରି ଉଚିତ୍ ନ୍ୟାୟ ପାଆନ୍ତେ ବୋଲି ଶ୍ରୀମତି ଆଚାର୍ଯ୍ୟ ମତ ପ୍ରକାଶ କରିଛନ୍ତି ।

# ରାଜ୍ୟରେ ନାରୀ ଅସୁରକ୍ଷିତ ଓ ଆଇନ୍ ଶୃଙ୍ଖଳା ବିପର୍ଯ୍ୟସ୍ତ : କଂଗ୍ରେସ

ଭୁବନେଶ୍ୱର (ପିଏନ)- ତିର୍ତୋଲ ଅଂଚଳର ଜୈନିକା ନାବାଳିକାକୁ କଟକର ଚାଉଳିଆଗଞ୍ଜ ଥାନା ଅଧିନସ୍ଥ ଗତିରାଉତପାଟଣାର ଏକ ପରିତ୍ୟକ୍ତ ଘରେ ୨୨ ଦିନ କାଳ ବନ୍ଦି କରି ରଖି ଗଣଦୁଷ୍କର୍ମ କରିବା ଘଟଣାରେ ରାଜ୍ୟରେ ଆଇନ୍ ଶୃଙ୍ଖଳା ସଂପୂର୍ଣ୍ଣ ବିପର୍ଯ୍ୟସ୍ତ ଏବଂ ନାରୀ ଅସୁରକ୍ଷିତ ବୋଲି କଂଗ୍ରେସ ଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ସିଧାସଳଖ ରାଜ୍ୟ ସରକାରଙ୍କୁ ଟାର୍ଗେଟ୍ କରିଛନ୍ତି କଂଗ୍ରେସ ମୁଖପାତ୍ର ନିଶିକାନ୍ତ ମିଶ୍ର। ଘଟଣା ସଂପର୍କରେ ପୋଲିସ ପାଖରେ ଅପରାଧିଙ୍କ ସଂପର୍କରେ ନିର୍ଦ୍ଦିଷ୍ଟ ତଥ୍ୟ ଭିତିକ ଅଭିଯୋଗ ହେବାର ୪୮ ଘଂଟା ବିତି ଯାଇଥିଲେ ମଧ ଅପରାଧିଙ୍କୁ ପୋଲିସ ଧରିବାରେ ବିଫଳ। ସମଗ୍ର ଦେଶରେ ଦଣ୍ଡହାର ଠାରୁ ରାଜ୍ୟର ଦଣ୍ଡ ହାର ସର୍ବନିମ୍ନ। ଯେଉଁଥି ପାଇଁ ଅପରାଧିମାନେ ଅପରାଧ ଘଟାଇବା ପାଇଁ ପଛଘୁଂଚା ଦେଉନାହାନ୍ତି ଏବଂ ଅପରାଧିମାନଙ୍କୁ ଦଣ୍ଡ ଦେବା ପାଇଁ ସରକାରଙ୍କର ମାନସିକତା ମଧ ନାହିଁ। କାରଣ ଦୀର୍ଘ ୨୦ ବର୍ଷର ଶାସନ କାଳରେ ଅଧିକାଂଶ ଅପରାଧିକ ଘଟଣାରେ ସରକାରୀ ଦଳର କର୍ମୀ ସଂପୃକ୍ତ ହୋଇଥିବାରୁ ତଦନ୍ତକାରୀ ସଂସ୍ଥା ଅପରାଧିଙ୍କ ପ୍ରତି କୋହଳ ମନୋଭାବ ରଖି ଅଭିଯୋଗ ଫର୍ଦ୍ଦ ଦାଖଲ କରୁଥିବାରୁ ଅପରାଧିମାନେ ଅପରାଧ ଘଟାଇ



ଖସିବାରେ ସଫଳ ହେଉଛନ୍ତି ବୋଲି ଶ୍ରୀ ମିଶ୍ର ଅଭିଯୋଗ କରିବା ସହିତ ରାଜ୍ୟରେ ପିପିଲିର ବେବିନା, ଟିକିରି ଶିକ୍ଷୟତ୍ରୀ ଇତିଶ୍ରୀ ପ୍ରଧାନ ଓ ଆୟୁଷ ଡାକ୍ତରାଣୀ ମାଧବୀଲତା ଘଟଣାକୁ ରାଜ୍ୟ ସରକାର ଯେଭଳି ଭାବେ ତଦନ୍ତ କରାଇଲେ ତାହା ସମସ୍ତ ରାଜ୍ୟବାସୀ ଅବଗତ। ବିଶେଷକରି କୁନ୍ଦୁଲି ଘଟଣାରେ ସରକାରଙ୍କର ତଦନ୍ତ ଏବଂ ମାତ୍ରାଧିକ ଚାପ ସହି ନପାରି କୁନ୍ଦୁଲି ପୀଡିତା ଆତ୍ମହତ୍ୟା କରିଥିଲେ। ତେଣୁ ତିର୍ତୋଲ ପୀଡିତାଙ୍କ କ୍ଷେତ୍ରରେ କୁନ୍ଦୁଲି ଘଟଣାର ଯେଭଳି ପୁନରାବୃତି ନହେଉ, ସେଥିପାଇଁ ରାଜ୍ୟ ସରକାର ଉଚ୍ଚସ୍ତରୀୟ କ୍ରାଇମ୍‌ବ୍ରାଂଚ ତଦନ୍ତ କରାଇବା ସହିତ ପରିବାରକୁ ସୁରକ୍ଷା, ପୀଡିତା ରୋଜଗାରକ୍ଷମ ହେବା ପର୍ଯ୍ୟନ୍ତ ତା'ର ସମସ୍ତ ଭରଣପୋଷଣ ଖର୍ଚ୍ଚ ଓ ମାଗଣା ଶିକ୍ଷା ସହିତ ପୀଡିତାର ପରିବାରକୁ ସରକାରଙ୍କର ଜନମଙ୍ଗଳକାରୀ ଯୋଜନାରେ ସାମିଲ କରି ସାମାଜିକ ସୁରକ୍ଷା ପ୍ରଦାନ, ୨୦ ଲକ୍ଷ ଟଙ୍କା ଅନୁକମ୍ପାମୂଳକ ସହାୟତା ରାଶି ପ୍ରଦାନ କରାଯିବାକୁ ସାମ୍ବାଦିକ ସମ୍ମିଳନୀରେ ଦାବି କରାଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ଭୁବନେଶ୍ୱର ଜିଲ୍ଲା କଂଗ୍ରେସ କାର୍ଯ୍ୟକାରୀ ସଭାପତି ଶ୍ରୀମତୀ ରଶ୍ମି ମହାପାତ୍ର, ଜିନେ୍ ଦାସ, ନାରାୟଣ ଜେନା, ଦୀପକ ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।




# ଧର୍ମ ପରିବର୍ତ୍ତନ ନା ହୃଦୟ ପରିବର୍ତ୍ତନ !

ନିକଟରେ ରାଜଧାନୀ ଦିଲ୍ଲୀର ଆମ୍ବେଦକର ଭବନଠାରେ ଦଶ ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କ ସମାଗମ ହୋଇଥିଲା । ସମସ୍ତେ ଏକ ସ୍ୱରରେ କହୁଥିଲେ କୃଷ୍ଣ ଭଗବାନ କିଏ ? ରାମଙ୍କୁ ଆମେ କାହିଁକି ମାନିବୁ ? ଶିବ ଗଞ୍ଜୋଡ଼ ଇତ୍ୟାଦି। ମନ ଭିତରେ ସେମାନଙ୍କର ଭୀଷଣ କ୍ଷୋଭ ଓ ବିରକ୍ତିକର ଭାବନା ବାରି ହୋଇପଡୁଥିଲା। ଗତ ମାସର ପ୍ରଥମ ସପ୍ତାହରେ ଘଟିଥିବା ଏହି ମତାନ୍ତରଣ ଆମ ସମସ୍ତଙ୍କୁ ଦୀର୍ଘଦିନ ପର୍ଯ୍ୟନ୍ତ ଚିନ୍ତା କରିବାକୁ ବାଧ କରିବ। ଆୟୋଜକମାନେ ଦାବି କରନ୍ତି ଯେ, ଆମ ସମ୍ବିଧାନ ପ୍ରତ୍ୟେକ ବ୍ୟକ୍ତିଙ୍କୁ ନିଜ ଇଚ୍ଛା ଅନୁସାରେ କୌଣସି ଧର୍ମ ଗ୍ରହଣ କରିବା ପାଇଁ ସ୍ୱାଧୀନତା ଦେଇଆସିଛି। ଏହି କାର୍ଯ୍ୟକ୍ରମରେ ଦଶହଜାର (ଦଳିତ) ଜନଜାତିବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କରି ବୌଦ୍ଧଧର୍ମ ଗ୍ରହଣ କଲେ। ବର୍ତ୍ତମାନ ପ୍ରଶ୍ନ ଉଠୁଛି ଏକସଙ୍ଗରେ ଦଶ ହଜାର ବ୍ୟକ୍ତିଙ୍କୁ କିପରି ହିନ୍ଦୁଧର୍ମ ଅସହ୍ୟବୋଧ ହେଲା, ବୌଦ୍ଧମତ ପ୍ରତି ଆସ୍ଥା ଘନୀଭୂତ ହେଲା ? କାର୍ଯ୍ୟକ୍ରମଟିରେ ମନ୍ତ୍ରୀ ରାଜେନ୍ଦ୍ର ପାଲ ଗୌତମଙ୍କର ସକ୍ରିୟତା ବିବାଦାସ୍ପଦ ମନେହୁଏ। ସମାରୋହରେ ବାବାସାହେବ ଆମ୍ବେଦକରଙ୍କ ନାତି ରାଜରନ୍ ଆମ୍ବେଦକର ଉପସ୍ଥିତ ଥିଲେ। ସେ ଲୋକମାନଙ୍କୁ ହିନ୍ଦୁ ଦେବଦେବୀଙ୍କୁ ନ ମାନିବା, ପୂଜାପାଠ ନ କରିବା ଆଦି ପ୍ରତିଜ୍ଞା କରାଉଥିଲେ। ତାଙ୍କ ବକ୍ତବ୍ୟରେ ଭାରତୀୟ ସମାଜ ବ୍ୟବସ୍ଥା ପ୍ରତି ଆକ୍ରମଣାତ୍ମକ ମନୋଭାବ ଭରିରହିଥିଲା।

ବାବାସାହେବ ବୌଦ୍ଧ ଭିକ୍ଷୁ ନଥିଲେ ବରଂ ଜଣେ ରାଜନୈତିକ ବ୍ୟକ୍ତି ଥିଲେ। ସେ ୧୯୩୫ ମସିହାରେ ହିନ୍ଦୁଧର୍ମ ତ୍ୟାଗ କରିବାକୁ ଘୋଷଣା କରଥିଲେ ମଧ୍ୟ ସ୍ୱାଧୀନତା ପରବର୍ତ୍ତୀ ସମୟରେ ୧୯୫୬ ମସିହାରେ ବୌଦ୍ଧଧର୍ମ ଗ୍ରହଣ କଲେ। ପ୍ରଶ୍ନ ଉଠେ ସେ ଦୀର୍ଘ ୨୦ ବର୍ଷ କାହିଁକି ଅପେକ୍ଷା କଲେ ? ତାଙ୍କର ନିଷ୍ପତ୍ତି ଭୁଲ ଥିଲା କି ? ବାବାସାହେବ ବୌଦ୍ଧଧର୍ମ ଗ୍ରହଣ କରିବା ପଛର ବଡ଼ କାରଣ ଥିଲା ହିନ୍ଦୁଧର୍ମରେ ଥିବା ପଛୁଆ (ଦଳିତ) ବର୍ଗଙ୍କୁ ସମାନ ଅଧିକାର ଦେବା। ବାବାସାହେବଙ୍କ ଉଦ୍ଦେଶ୍ୟ ମହାନ ଥିଲେ ମଧ୍ୟ ଏହାର କୌଣସି ପ୍ରଭାବ ତତ୍କାଳୀନ ସମାଜରେ ପଡ଼ିପାରି ନଥିଲା। ବାବା ସାହେବଙ୍କ ପରେ ବହୁ ପଛୁଆ ଦଳିତ ବର୍ଗର ବ୍ୟକ୍ତି ବୌଦ୍ଧଧର୍ମ ଗ୍ରହଣ କରିଥିଲେ। ସବର୍ଣ୍ଣ ଅସବର୍ଣ୍ଣ ଭେଦଭାବରେ କୌଣସି ପରିବର୍ତ୍ତନ ଆସି ନଥିଲା। ଦୀର୍ଘ ୭୦ବର୍ଷ ପରେ ଏବେ ଯଦି ହିନ୍ଦୁ ସମାଜକୁ ଦେଖିବା, ତେବେ ଆଜି ଅନେକ କ୍ଷେତ୍ରରେ ଦଳିତଙ୍କର ସାମାଜିକ ଉତ୍ଥାନ ହୋଇଛି। ସେମାନେ ସବର୍ଣ୍ଣଙ୍କ ସହିତ ସମାନ କିମ୍ବା କେତେକ ସ୍ଥାନରେ ସେମାନଙ୍କଠାରୁ ଅଧିକ ଭଲ ସ୍ଥିତିରେ ଅଛନ୍ତି।

ବାସ୍ତବରେ ଏପରି କ'ଣ ଆବଶ୍ୟକ ପଡ଼ିଲା ଅଥଚ ଦଶ ହଜାର ପଛୁଆ ବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କଲେ ? ଆୟୋଜକମାନଙ୍କ କାର୍ଯ୍ୟକଳାପକୁ ନେଇ ଅନେକ ସନ୍ଦେହ ସୃଷ୍ଟି ହେଉଛି। ବାବା ସାହେବଙ୍କର ଉଦ୍ଦେଶ୍ୟ ଥିଲା ସମାଜକୁ ଯୋଡ଼ିବା, ପଛୁଆ ବର୍ଗଙ୍କୁ ସମାନ ଅଧିକାର ପ୍ରଦାନ କରବା। କିନ୍ତୁ ସମ୍ପ୍ରତି ଏହି କାର୍ଯ୍ୟକ୍ରମରୁ ଜଣାପଡୁଛି ଏଠାରେ ସମାଜକୁ ଯୋଡ଼ିବା ବଦଳରେ ବିଭାଜନ କରିବାର ଭାବନା ବେଶି। କୌଣସି ବ୍ୟକ୍ତି ଜୈନ, ବୌଦ୍ଧ ଓ ଶିଖ ମତ ଗ୍ରହଣ କଲେ ତାଙ୍କୁ ଧର୍ମ ପରିବର୍ତ୍ତନ ବୋଲି ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ସ୍ୱୀକାର କରେନାହିଁ। ସେମାନଙ୍କ ଉପରେ କୌଣସି ଆପତ୍ତି ଉଠାଏ ନାହିଁ। କାରଣ ବୌଦ୍ଧମତ ହିନ୍ଦୁଧର୍ମର ଏକ ଉପାଙ୍ଗ ରୂପେ ରହିଆସିଛି। ବର୍ତ୍ତମାନ କେନ୍ଦ୍ରରେ ବିଜେପି ସରକାରଙ୍କୁ ଶାସନରୁ ହଟାଇବା ପାଇଁ ହିନ୍ଦୁଧର୍ମରୁ ଜନଜାତି ପଛୁଆବର୍ଗଙ୍କୁ ଅଲଗା କରିବା ତଥା ମୁସଲମାନଙ୍କୁ ଅଗ୍ରାଧିକାର ଦେବା ଭିତ୍ତିରେ କେଜ୍ରିୱାଲ ସରକାର ଯୋଜନା ପ୍ରସ୍ତୁତ କରୁଛି। ଓଡ଼ିଶାର ଧର୍ମାନ୍ତରୀକରଣ ମଧ୍ୟ ଏକ ସ୍ପର୍ଶକାତର ବିଷୟ। ରାଜ୍ୟ ସରକାର ଏ ପ୍ରସଙ୍ଗରେ ଜାଣିଶୁଣି ଯେପରି ଆଖିବୁଜି ଦେଇଛନ୍ତି ତାହା ଆଗାମୀ ଦିନରେ ଓଡ଼ିଶାର ସଂସ୍କୃତି ତଥା ସମାଜ ଉପରେ ପ୍ରତିକୂଳ ପ୍ରଭାବ ପକାଇବ। ମୁଖ୍ୟମନ୍ତ୍ରୀ ନିକଟରେ ୟୁରୋପ ଗସ୍ତରେ ଯାଇ ପୋପ୍‌ଙ୍କୁ ଯେପରି ସାକ୍ଷାତ କଲେ ତାହା ଓଡ଼ିଶାକୁ ୟୁରୋପୀକରଣ କରିବାର ପ୍ରାକ୍ ପ୍ରସ୍ତୁତି ବୋଲି ବୁଝିବାକୁ ହେବ। ସମ୍ପୂର୍ଣ୍ଣ ରାଜନୈତିକ ଉଦ୍ଦେଶ୍ୟ ରଖି ଯେତେବେଳେ କାର୍ଯ୍ୟ କରାଯାଏ ସେତେବେଳେ ଧାର୍ମିକ ଆସ୍ଥା କେବଳ ଏକ ବାହାନା ହୋଇଥାଏ। ଦିଲ୍ଲୀର ଆମ୍ବେଦକର ଭବନରେ ଧର୍ମାନ୍ତରୀକରଣ ସମାରୋହ କରାଇଥିବା ବ୍ୟକ୍ତି ରାଜେନ୍ଦ୍ର ପାଲ 'ବୁଦ୍ଧିଷ୍ଟ ସୋସାଇଟ ଅଫ ଇଣ୍ଡିଆ' ଜୟଭୀମ ମିଶନର ରାଷ୍ଟ୍ରୀୟ ସଂରକ୍ଷକ। ଏହି ଜୟଭୀମ ମିଶନ ଓଡ଼ିଶାର ପୁରପଲ୍ଲୀରେ ଥିବା ଜନଜାତି ଅଞ୍ଚଳରେ ମଧ୍ୟ ତା'ର କାର୍ଯ୍ୟ ଆରମ୍ଭ କରିଦେଇଛି। ଓଡ଼ିଶାବାସୀ ସତର୍କ ରହିବା ଆବଶ୍ୟକ। ଧର୍ମ ପରିବର୍ତ୍ତନ ହୃଦୟ ପରିବର୍ତ୍ତନର ବିଷୟ। ରାଜନୈତିକ ଉଦ୍ଦେଶ୍ୟ ରଖି କାହାର ହୃଦୟକୁ ପରିବର୍ତ୍ତନ କରାଯାଇପାରେ ନାହିଁ। ଦେଶ ଦୁନିଆ ପାଇଁ ଏହା ଚିନ୍ତାର କାରଣ।

—ଚିତ୍ତରଞ୍ଜନ ମହାପାତ୍ର
ଶିମୂଳୀପାଟଣା, ଚନ୍ଦକା, ମୋ- ୯୪୩୯୫୬୧୮୫୪

# ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ସାଧାରଣ ବୈଠକ ଅନୁଷ୍ଠିତ

ଭୁବନେଶ୍ୱର (ପିଏନ୍): ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ଏକ ସାଧାରଣ ବୈଠକ ଭୁବନେଶ୍ୱରସ୍ଥିତ ସଂଘ କାର୍ଯ୍ୟାଳୟରେ କାର୍ଯ୍ୟକାରୀ ସଭାପତି ଶ୍ରୀଯୁକ୍ତ ଧନଞ୍ଜୟ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ପୂର୍ବରୁ ମହାସଂଘର ଦାବିଗୁଡ଼ିକ ମାନ୍ୟବର ମୁଖ୍ୟମନ୍ତ୍ରୀ, ୫-ଟି ସଚିବ, ମୁଖ୍ୟ ଶାସନ ସଚିବ, ବିଭାଗୀୟ ସଚିବ ଓ ରାଜ୍ୟ ସାଙ୍ଗଠନିକ ସମ୍ପାଦକଙ୍କୁ ପ୍ରଦାନ କରାଯାଇଥିବାର ବିଷୟ ସମ୍ପାଦକ ଶ୍ରୀଯୁକ୍ତ ବାବାଜୀ ଚରଣ ବାରିକ ଉପସ୍ଥିତ ସଭ୍ୟ/ସଭ୍ୟାଙ୍କୁ ସୂଚନା ଦେଇଥିଲେ। ସେତେବେଳର ସରକାରୀ ଦଳର ମୁଖ୍ୟ ସଚେତନ ଶ୍ରୀମତ ପ୍ରମିଳା ମଲ୍ଲିକଙ୍କ ଦ୍ୱାରା ଆଗତ ପ୍ରସ୍ତାବ ବିଧାନସଭାରେ ଗୃହୀତ ହୋଇଥିଲା। ବର୍ତ୍ତମାନ ବିଧାନସଭାର ଶିକ୍ଷା ଷ୍ଟାଣ୍ଡିଂ କମିଟି ଅଧ୍ୟକ୍ଷ ଶ୍ରୀଯୁକ୍ତ ଭୂପିନ୍ଦର ସିଂହ ମଧ୍ୟ ଗୃହରେ ଆଲୋଚନା କରି ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ତେଣୁ ସରକାରଙ୍କ ଉଦ୍ଦେଶ୍ୟରେ କୌଣସି ବିରୋଧାତ୍ମକ କାର୍ଯ୍ୟ ନ କରି ପୂର୍ଣ୍ଣ ଭରସା ରଖି ତୁରନ୍ତ ବୟସ ଅତିକ୍ରାନ୍ତ ହୋଇଥିବା ସମସ୍ତ ପୁରୁଣା ସି.ଟି./ବି.ଏଡ୍. ଭାଇଭଉଣୀମାନଙ୍କୁ ସ୍ୱତନ୍ତ୍ର ପ୍ୟାକେଜ୍‌ରେ ନିଯୁକ୍ତି କରାଯିବାକୁ ସଂଘ ତରଫରୁ ସରକାରଙ୍କ ନିକଟରେ ଦାବି ରଖାଗଲା। ସମସ୍ତ ଅଧିକାରୀଙ୍କ ନିକଟକୁ ସଂଘର ଦାବିପତ୍ରକୁ ତୁରନ୍ତ ପହ ାଇବାକୁ ସମ୍ପାଦକଙ୍କୁ ଦାୟିତ୍ୱ ପ୍ରଦାନ କରାଗଲା। ଉକ୍ତ ବୈଠକରେ ସଂଘର ଉପ-ସଭାପତି ମୀନକେତନ ମିଶ୍ର, ସହ-ସମ୍ପାଦକ ବିନୟ କୁମାର ମହାପାତ୍ର, କୋଷାଧ୍ୟକ୍ଷ ମନଜା ମଞ୍ଜରୀ ସାହୁ, କଲ୍ୟାଣୀ ସାହୁ, ସୁକାନ୍ତି ନନ୍ଦ, ଗଙ୍ଗାଧର ସାହୁ, ପ୍ରଦୀପ୍ତ କୁମାର ସାହୁ, ପ୍ରଶାନ୍ତ କୁମାର ରାଉତ, ବଂଶୀଧର ପାଣି, ଦର୍ଶନ କୁମାର ବିନ୍ଧାଣି, ନାରାୟଣ ଚନ୍ଦ୍ର ବାରିକ, ବିଷ୍ଣୁଚରଣ ଦାଶ, ବିଜୟ ନାୟକ, ସୁଦାମ ଚରଣ ଦାସ, ଜ୍ଞାନରଞ୍ଜନ ପଣ୍ଡା, ଚିତ୍ତରଞ୍ଜନ ବଳିଆରସିଂହ, ବ୍ରହ୍ମାନନ୍ଦ ପଣ୍ଡା, ପ୍ରଫୁଲ୍ଲ ମହାପାତ୍ର, ଗୋବିନ୍ଦ ଚନ୍ଦ୍ର ବେହେରା, ଗଗନ ଚନ୍ଦ୍ର ମିଶ୍ର, ଦିବାକର ପ୍ରଧାନ, ବିଦ୍ୟାଧର ସାହୁ, ଓ ଜଗନ୍ନାଥ ସାହୁ ପ୍ରମୁଖ ସଭ୍ୟସଭ୍ୟାମାନେ ଉପସ୍ଥିତ ଥିଲେ।

# ଫକୀରମୋହନ ବିଶ୍ୱବିଦ୍ୟାଳୟ ପରିସରରେ ଆନ୍ତର୍ଜାତିକ ଉନୁରୁମ ଉତ୍ସବ ଉଦ୍‌ଯାପିତ



ବାଲେଶ୍ୱର (ପିଏନ୍)-ବାଲେଶ୍ୱର ଫକୀରମୋହନ ବିଶ୍ୱବିଦ୍ୟାଳୟ ଭାଷା ଓ ସାହିତ୍ୟ ବିଭାଗ ପରିସରରେ କଳା, ସାହିତ୍ୟ ଓ ସଂସ୍କୃତିର ମହାର୍ଘ୍ୟ ପର୍ବ ଉନୁରୁମ ଆନ୍ତର୍ଜାତିକ ଉତ୍ସବ ଫକୀରମୋହନ ବିଶ୍ୱ ବିଦ୍ୟାଳୟ ଓ ୟଙ୍ଗହାର୍ଟ ମିଳିତ ସହଯୋଗରେ ଉଦ୍‌ଯାପିତ ହୋଇଯାଇଛି। ଏହି ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ବିଦ୍ୟାଳୟର କୁଳପତି ସନ୍ତୋଶ କୁମାର ତ୍ରିପାଠୀଙ୍କ ସଭାପତିତ୍ୱରେ ଆନ୍ତର୍ଜାତିକ ସ୍ତରର ଅତିଥି ମାନେ ଯୋଗ ଦେଇଥିବା ବେଳେ ପଦ୍ମଶ୍ରୀ ଇଲିଆନ ସିତାରିଷ୍ଟ, ପ୍ରଫେସର ମୁନେଶ ଚନ୍ଦ୍ର ଅଧିକାରୀ, କୁଙ୍କୁମିନା ଦାସ, ଅଭିନେତା ଅଶ୍ରୁମୋଚନ ମହାନ୍ତି, ଶୈଳେନ୍ଦ୍ର ମହାନ୍ତି ଏବଂ ମୁଖ୍ୟ ଅତିଥି ଭାବେ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଯୋଗଦେଇ ନିଜ ନିଜର ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ପ୍ରକାରର ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା ବେଳେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ଷ୍ଟଲରେ ନିଜସ୍ୱ ହସ୍ତଶିଳ୍ପ ପ୍ରଦର୍ଶନୀ ଓ ବିକ୍ରି ଏବଂ ବିଭିନ୍ନ ପ୍ରକାରର ଓଡ଼ିଆ ଘରର ପରମ୍ପରା ଅନୁସାରେ ଖାଦ୍ୟ, ପ୍ରଦର୍ଶନୀ ଏବଂ ବିକ୍ରି କରାଯାଇଥିଲା। ଶେଷରେ ଆମ ପରମ୍ପରାର ସଭାପତି ଶ୍ରୀଯୁକ୍ତ ବିକର୍ତ୍ତନ ନାୟକ ଜଗନ୍ନାଥଙ୍କ ଭଜନ ଗାଇ ଧନ୍ୟବାଦ ଅର୍ପଣ କରିଥିଲେ।

# ପ୍ରକୃତି କୋଳରେ ସ୍ନାନର ଅନୁଭବ : ଫରେଷ୍ଟ ବାଥିଂ

ବର୍ତ୍ତମାନର ସମୟକୁ ଦେଖିଲେ ଅନେକ ବ୍ୟସ୍ତବହୁଳ ଜୀବନ ଭିତରେ ଶରୀରର ସୁସ୍ଥତାକୁ ଗୁରୁତ୍ୱ ଦେଇନଥାନ୍ତି କିନ୍ତୁ ପରବର୍ତ୍ତୀ ଯନ୍ତ୍ରଣାସିକ୍ତ ସମୟରେ ସେମାନଙ୍କୁ ଏହା ଅନୁଭବୀ କରିଥାଏ ଯେ ବାସ୍ତବରେ ସ୍ୱାସ୍ଥ୍ୟ ହିଁ ସମ୍ପଦ। ଆବହମାନ ସମୟରୁ ଆମ୍ଭେମାନେ ପ୍ରକୃତି ସହ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଜଡ଼ିତ। ମାଟି, ପାଣି ଓ ପବନରେ ଗଢ଼ା ଆମ ଏହି ସ୍ଥୁଳ ଶରୀର ଏବଂ ପ୍ରତିଟି ମଣିଷର ଶରୀର ତତ୍ତ୍ୱରେ ଏହି ତିନୋଟି ଉପାଦାନର ଗୁରୁତ୍ୱପୂର୍ଣ୍ଣ ଓ ଅପରିହାର୍ଯ୍ୟ ଉପଲବ୍ଧି ରହିଛି। ବର୍ତ୍ତମାନର ବସ୍ତୁସର୍ବସ୍ୱ ଓ ବୃତ୍ତିଗତ କ୍ଷେତ୍ରକୁ ନେଇ ଧାଁ ଧଉଡ ଜୀବନ ଭିତରେ ସମସ୍ତେ ଅନେକ ସମୟରେ କ୍ଲାନ୍ତ ବା ଶରୀରର ଅବସନ୍ନକୁ ଅନୁଭବ କରନ୍ତି। ସେମାନେ କିଛି ବିଶ୍ରାମ ଚାହିଁଥାନ୍ତି କିନ୍ତୁ ସେମାନଙ୍କ ବିଶ୍ରାମ ପରୋକ୍ଷ ଭାବେ ସେମାନଙ୍କର କାର୍ଯ୍ୟ ବ୍ୟସ୍ତତା ଭିତରେ ବାଧା ପହଞ୍ଚାଇଥାଏ। କିନ୍ତୁ ବାସ୍ତବ କଥା ହେଉଛି ଶରୀର ରଖି ହିଁ ଜୀବନ ଧର୍ମ ସାଧନ କରିବା କଥା ଯାହାକି ଅନେକ ସମୟରେ ଆମେ ଜାଣି ମଧ୍ୟ ଏହାକୁ କାର୍ଯ୍ୟରେ ପରିଣତ କରିନଥାଉ। ସୁସ୍ଥ ରହିବା ପାଇଁ ମଣିଷ ଯୋଗ, ବ୍ୟାୟାମ ଠାରୁ ସୁଷମ ତଥା ସନ୍ତୁଳିତ ଖାଦ୍ୟ ଖାଇବା ଯାଏ କ'ଣ ନକରେ। କିଛି ଲୋକ ଶରୀରକୁ ସତେଜ ରଖିବା ପାଇଁ କେତେବେଳେ ଷ୍ଟିମ ବାଥ, ମଡ଼ ବାଥ ଭଳି ପଦ୍ଧତି ଆପଣେଇଥାଆନ୍ତି। କିନ୍ତୁ ଫରେଷ୍ଟ ବାଥ। ମାନେ ଝରଣାରେ ଗାଧୋଇ ପଡ଼ିଲେ ତାହା ଜଙ୍ଗଲ ସ୍ନାନ ସହିତ ସମାନ ହୋଇଯିବ। କିନ୍ତୁ ଏହି ଧାରଣା ବି ଠିକ ନୁହେଁ। ଜଙ୍ଗଲ ସ୍ନାନ ହେଉଛି ଏକ ନିର୍ଦ୍ଦିଷ୍ଟ ପଦ୍ଧତି। ଜୀବନକୁ ଚାପମୁକ୍ତ, ସ୍ୱାସ୍ଥ୍ୟକର ତଥା ସୁଖଦ କରିବା ପାଇଁ ଜାପାନିମାନେ ପ୍ରଥମେ ଜଙ୍ଗଲ ସ୍ନାନ ପଦ୍ଧତି ଆରମ୍ଭ କରିଥିଲେ। ଏଥିରେ ଅତ୍ୟଧିକ ୱାର୍କଆଉଟ କରିବାକୁ ପଡ଼ିବ ନାହିଁ, ଜିମ୍ ଯିବାକୁ ହେବ ନାହିଁ। ତଥାପି ଜୀବନକୁ ସହଜ ଓ ସୁନ୍ଦର କରାଯାଇପାରିବ। ଜଙ୍ଗଲ ସ୍ନାନ କହିଲେ ଘଞ୍ଚ ଜଙ୍ଗଲର ଗାଢ଼ ସବୁଜିମା ମଧ୍ୟରେ କିଛି ଘଣ୍ଟା ଶାନ୍ତିରେ ଚଲାବୁଲା କରିବା।

ଅନେକ ହୁଏତ ଜାଣିନଥାନ୍ତି ସାରା ବିଶ୍ୱରେ ପ୍ରଥମ ଥର ପାଇଁ ଜାପାନି ବିଶେଷଜ୍ଞମାନେ ଫରେଷ୍ଟ ବାଥିଂ ବା ଜଙ୍ଗଲ ସ୍ନାନର ଧାରଣା ସୃଷ୍ଟି କରିଥିଲେ। ଜାପାନର ସୀମା ଅତିକ୍ରମ କରି ଏବେ ଏହି ପଦ୍ଧତି ଅନ୍ୟାନ୍ୟ ଦେଶକୁ ପ୍ରସରି ଗଲାଣି। ଜଙ୍ଗଲ ସ୍ନାନ ଟ୍ରେକିଂ ବା ହାଇକିଂ ସହିତ ସମାନ ନୁହେଁ। ଜାପାନରେ ଏହି ପଦ୍ଧତିକୁ ଶିନ୍ରିନ ୟୋକୁ କୁହାଯାଏ। ଜାପାନି ବିଶେଷଜ୍ଞମାନଙ୍କ ଅନୁସାରେ ଜଙ୍ଗଲ ମଧ୍ୟର ହାଲୁକା ଚଲାବୁଲା କରିବା ଦ୍ୱାରା ଥକ୍କାପଣ, ଅବସାଦଜନିତ ଦୁର୍ବଳତା ଆଦି ଦୂରେଇଥାଏ। ତେବେ ଜଙ୍ଗଲ ସ୍ନାନ ସମୟରେ ଗପିବା, ମୋବାଇଲ ଦେଖିବା ଆଦିରୁ ବିରତ ରହିବାକୁ ପଡ଼ିବ। ଜଙ୍ଗଲ ଭିତରର ପରିବେଶ ବିଶୁଦ୍ଧ। ସେହି ପରିବେଶରେ କିଛି ସମୟ ଚଲାବୁଲା କଲେ ଶରୀର ମଧ୍ୟକୁ ଶୁଦ୍ଧ ଅମ୍ଳଜାନ ଯାଇଥାଏ। ମନ ଭିତରୁ ନକାରାତ୍ମକ ଭାବନା ଆପେ ଆପେ ଦୂରେଇ ଯାଇଥାଏ। ଜଙ୍ଗଲ ସ୍ନାନକୁ ନେଇ ଏହା ମଧ୍ୟରେ ବେଶ କେତୋଟି ଅଧ୍ୟୟନ ହୋଇସାରିଛି। ପ୍ରାୟ ସବୁ ଅଧ୍ୟୟନରେ ସମାନ ନିର୍ଯ୍ୟାସ ଦେଖିବାକୁ ମିଳିଛି ଯେ ଏହି ପଦ୍ଧତି ଆପଣେଇଥିବା ଲୋକଙ୍କ ମଧ୍ୟରେ ରକ୍ତଚାପ, ହୃଦଘାତ, ମଧୁମେହ, ମାନସିକ ଚାପ ଭଳି ସମସ୍ୟା ଅନେକାଂଶରେ କମିଯାଇଛି। ଉପରୋକ୍ତ ଫରେଷ୍ଟ ବାଥିଂ ନିଶ୍ଚିନ୍ତ ଭାବେ ଶରୀରକୁ ଉପଷମ ଦେବ। ପ୍ରକୃତି କୋଳରେ କିଛି ମୁହୂର୍ତ୍ତ ବିତାଇ ବିଶୁଦ୍ଧ ଅମ୍ଳଜାନ ଶରୀର ଭିତରକୁ ନେବା ସହ ଶାନ୍ତି, ସ୍ନିଗ୍ଧ ଅମୃତମୟ ପରିବେଶ ଆମ୍ଭ ମାନଙ୍କ ସ୍ୱାସ୍ଥ୍ୟ ଜୀବନଚର୍ଯ୍ୟାକୁ ଏକ ଦିବ୍ୟ ଆନନ୍ଦରେ ପରିଣତ କରିପାରିବ। ଏ କ୍ଷେତ୍ରରେ ଆମ୍ଭମାନଙ୍କର ମାନସିକତା ସର୍ବାଦୌ ପ୍ରାଥମିକତା। କାରଣ ଆମେ ଇଚ୍ଛା ନକଲେ ଏ ଆନନ୍ଦ ପାଇ ପାରିବା ନାହିଁ ଯାହାପାଖରେ ଅର୍ଥ, ପ୍ରତିପତ୍ତି, କ୍ଷମତା, ବାହୁବଳ କିଛି ହିଁ ନୁହେଁ। ସ୍ୱାସ୍ଥ୍ୟ ଯେ ଶ୍ରେଷ୍ଠ ସମ୍ପଦ ଏବଂ ନିରୋଳା ଶାନ୍ତ ପରିବେଶ ଭିତରେ ଆମ୍ଭେମାନେ କିପରି ଯେ ଅଶାନ୍ତମୟ ଜୀବନକୁ ଅତିବାହିତ କରୁଛେ ତାର ବଡ଼ ପ୍ରମାଣ ଏହି ଫରେଷ୍ଟ ବାଥିଂ ହିଁ ଦେଇଥାଏ। ଜୀବନରେ କେବେ ସୁଯୋଗ ପାଇଲେ ଏପରି ଦିବ୍ୟ ଆନନ୍ଦକୁ ହାତଛଡ଼ା କରନ୍ତୁନାହିଁ।

# 'ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର...'

ଶ୍ରୀମଦ୍ ଭାଗବତରେ ନିଜ ଜୀବନ୍ତ ଭଗବାନ ସଦୃଶ ନିଜ ପିତାମାତାଙ୍କ ସେବାକର୍ମ ପ୍ରତି ଉଲ୍ଲେଖ ରହି ଲେଖା ହୋଇଛି - 'ଆଚାର୍ଯ୍ୟ ବ୍ରହ୍ମାର ମୂରତି, ପିତା ପ୍ରତ୍ୟକ୍ଷେ ପ୍ରଜାପତି। ଭ୍ରାତା ଯେ ମୂରତି ଇନ୍ଦ୍ରର, ମାତା ସାକ୍ଷାତ ପୃଥିବୀର। ଅଗ୍ନି ମୂରତି ଅଭ୍ୟାଗତ, ଆତ୍ମାର ମୂର୍ତ୍ତି ସର୍ବଭୂତ। ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର। ଗର୍ଭେ ବହନ୍ତି ଦୁଃଖ ସହି, ପୁଣି ପାଳନ୍ତି କ୍ଷୀର ଦେଇ। ସର୍ବ ସମ୍ପଦ ପୁଣି ଦେଇ, ତାହାଙ୍କ ପୋଷଣେ ଜୀଅଇ। ତାହାଙ୍କ ପ୍ରତି ଉପକାରେ, ଶତ ବରଷେ କେହୁ ପାରେ।' ଯାହାଙ୍କଠାରୁ ଆମେ ଜନ୍ମ ନେଇଛନ୍ତି, ଯିଏ ଆମର ସୃଷ୍ଟିକର୍ତ୍ତା, ଯାହାଙ୍କ ଆଶୀର୍ବାଦରୁ ଆମେ ଏଡ଼ିକିଟିଏରୁ ଏତ୍ତୁଟିଏ ହେଇଛୁ, ଯିଏ ଆମ ପାଇଁ ପ୍ରତ୍ୟକ୍ଷ ଦେବତା; ସିଏ ହେଉଛନ୍ତି ଆମର ପିତାମାତା। ଏଣୁ - 'ପିତା ନାହିଁ ଯାହାର ସାହା ନାହିଁ ତାର, ପିତା ମାତା ସବୁ କିଛି ପିତାମାତା ପାଦ ଯେ ଜନ ସେବିଛି, ସେହୁଟି ସର୍ବ ଲଭିଛି।' ବାସ୍ତବରେ ପିତାମାତା ହେଉଛନ୍ତି ଆମର ପ୍ରତ୍ୟକ୍ଷ ଦେବତା। ତାଙ୍କର ବାର୍ଦ୍ଧକ୍ୟ ସମୟରେ ତାଙ୍କୁ ହତାଦର କରିବା ବା ଅବମାନନା କରିବା ଅନୁଚିତ। କେବଳ ଯେ ପିତାମାତା ତାହା ନୁହଁନ୍ତି; ସମସ୍ତ ବୟସ୍କ ଆମର ଅଗ୍ରପୂଜ୍ୟ। ସେମାନଙ୍କୁ କୁହାଯାଏ ଶ୍ରେଷ୍ଠ ମାନବ। 'ମା' ଅର୍ଥ ସୃଷ୍ଟି, 'ନବ' ଅର୍ଥ ନୂଆ। ଯାହାଙ୍କ ଠାରୁ ଆମେ ନୂଆ ପ୍ରେରଣା ପାଇଥାଉ। ତେଣୁ ସେ ହେଉଛନ୍ତି ଆମର ସବୁକିଛି। ଆଜିର ଭୋଗସର୍ବସ୍ୱ ସମୟର ମୁହୂର୍ତ୍ତରେ ଆମ୍ଭେମାନେ ପ୍ରାୟତଃ ନିଜ ନିଜ ସ୍ୱାର୍ଥକୁ ପ୍ରାଧାନ୍ୟ ଦେଇ ପଛେଇ ଦେଉଛେ ନିଜ ପିତାମାତାଙ୍କ ସେବାଯତ୍ନକୁ। ଯେଉଁମାନଙ୍କ ଇଚ୍ଛା ଓ ସଂକଳ୍ପର ଫଳସ୍ୱରୂପ ଆମ୍ଭେମାନେ ଆଜି ଏ ଦୁନିଆର ଆଲୋକ ଦେଖିବାକୁ ସମର୍ଥ ହୋଇଛୁ, ଏ ସୁନ୍ଦର ଶରୀର ପାଇଛୁ ଆଉ ପ୍ରତିଟି ମୁହୂର୍ତ୍ତରେ ମାନବୀୟ ମୂଲ୍ୟବୋଧକୁ ଅନୁଭବ କରିଛୁ, କିନ୍ତୁ ସେହିମାନଙ୍କ ଅତୁଳନୀୟ ଓ ଅକଳ୍ପନୀୟ ପ୍ରତିଦାନକୁ ଆମେ ପ୍ରତି ମୁହୂର୍ତ୍ତରେ ଭୁଲିଯାଉଛେ ସତେଯେପରି। ନିକଟରେ କେତେକ ଗଣମାଧ୍ୟମରେ ପ୍ରକାଶ ପାଇଥିବା ଖବର କାଗଜର ତଥ୍ୟ ଅନୁଯାୟୀ କେବଳ ଭାରତରେ ନୁହେଁ ଓଡ଼ିଶାର ବିଭିନ୍ନ ସ୍ଥାନରେ ପିତାମାତାଙ୍କ ପ୍ରତି ନିର୍ଯାତନା ଦେଉଥିବାର ହତଭାଗା ପୁଅ ମାନଙ୍କର କୁକୀର୍ତ୍ତିର ଖବର ପୃଷ୍ଠା ମଣ୍ଡନ କରୁଛି ଯାହାକି ନିଶ୍ଚିନ୍ତ ଭାବରେ ଆମମାନଙ୍କ ମାନବିକତାକୁ ଏକ ଧିକ୍କାର୍। ଏହା ସତ୍ତ୍ୱେ ଆମ୍ଭମାନଙ୍କ ପରି ନିଜକୁ ବ୍ରହ୍ମଜ୍ଞାନୀ ବିଚାର କରୁଥିବା ବୁଦ୍ଧିମାନ ବ୍ୟକ୍ତିମାନେ ଯେ କିପରି ନିଜ ସୁଖ ଓ ସ୍ୱାର୍ଥକୁ ଗୁରୁତ୍ୱ ଦେଇ ଆମର ଜୀବନ୍ତ ଈଶ୍ୱରମାନଙ୍କୁ ହତାଦାର କରୁଛେ ତାହା ଆମ ସମାଜର ଆଇନାରେ ସୁସ୍ପଷ୍ଟ।

ଭାରତର ଶାସ୍ତ୍ର ଓ ପୁରାଣରେ ସ୍ପଷ୍ଟ ଭାବେ ଉଲ୍ଲେଖ ରହିଛି ଯେ ଯେଉଁ ପିଲାମାନେ ନିଜ ବାପାମାଆଙ୍କ ସେବା କରିଥାନ୍ତି ସେମାନେ ସ୍ୱର୍ଗସୁଖର ପୁଣ୍ୟ ପାଇଥାନ୍ତି। କିନ୍ତୁ ଆମ୍ଭେମାନେ ତାକୁ ହେୟଜ୍ଞାନ କରୁଛୁ। ଭାରତରେ ପିତାମାନଙ୍କ ଭରଣପୋଷଣ ହେଉ ବା ସେମାନଙ୍କୁ କୌଣସି ଯନ୍ତ୍ରଣା ବା କଷ୍ଟ ନ ଦେବା ପାଇଁ ବିଭିନ୍ନ ଆଇନରେ ନିର୍ଦ୍ଦେଶନାମା ସ୍ପଷ୍ଟ ଉଲ୍ଲେଖ ରହିଛି। ତାହାସତ୍ତ୍ୱେ ଅଧିକାଂଶ କ୍ଷେତ୍ରରେ ନିର୍ଯାତିତ ହେଉଥିବା ପିତାମାତା-ମାନେ ନିଜ ପିଲାମାନଙ୍କର ଏପରି କ୍ରୁର ବ୍ୟବହାର ଓ ନିର୍ଯାତନା ପାଇ ମଧ୍ୟ ସେମାନଙ୍କ ଭଲ କାମନା କରି କୌଣସି ଅଭିଯୋଗ କରିବାକୁ ଆଗେଇ ଆସିନଥାନ୍ତି। ଏଠାରେ ଏକ ସତ୍ୟ ଘଟଣା ଉପରେ ଆଧାରିତ ଉଦାହରଣଟିଏ ଦେଉଛୁ। ଭୁବନେଶ୍ୱର ମଞ୍ଚେଶ୍ୱର ଥାନା ଅଞ୍ଚଳ ଗାଡ଼କଣରେ ବାସନ୍ତୀ ଆଚାର୍ଯ୍ୟ ରୁହନ୍ତି। ତାଙ୍କ ସ୍ୱାମୀ ଶଶୀକାନ୍ତ ଆଚାର୍ଯ୍ୟ ଓ ସାବତ ପୁଅ ସତ୍ୟଜିତ ଓ ବୋହୂ ରୀତା ଆଚାର୍ଯ୍ୟ, ବାସନ୍ତୀ ଆଚାର୍ଯ୍ୟ ଘରେ ନଥିବାବେଳେ ତାଙ୍କ ତାଲା ଭାଙ୍ଗି ସମସ୍ତ ଆସବାବପତ୍ର ଅକ୍ତିଆର କଲେ। ଇଏ ହେଉଛନ୍ତି ସେହି ସତ୍ୟଜିତ ଯାହାଙ୍କୁ ମଣିଷ କରି ଗଢ଼ି ତୋଳିବା ପାଇଁ ବାସନ୍ତୀ ଦେବୀ ନିଜ ଜୀବନର ମୂଲ୍ୟବାନ ସମୟ ଉତ୍ସର୍ଗ କରିଛନ୍ତି। ଦୁର୍ଭାଗ୍ୟର କଥା ସତ୍ୟଜିତ ଓ ରୀତା ଆଚାର୍ଯ୍ୟ ତାଙ୍କୁ ମାଡ଼ ମାରିବା ସହ ପିଠିରେ ବିଷାକ୍ତ ଛୁଞ୍ଚି ଫୋଡ଼ିଛନ୍ତି। ତେଣୁ ଏଇଠି ଜଣେ ଅନୁଭବ କରନ୍ତୁ ପ୍ରକୃତରେ ମଣିଷ ସନ୍ତାନସନ୍ତତି କାହିଁକି ଜନ୍ମ କରିଥାନ୍ତି ? କ'ଣ ପରିଣତ ବୟସରେ ଆହୁରି ଲୁହ ଓ ଲହୁ ପିଇବା ପାଇଁ ?

ଆମ୍ଭେମାନେ ଭୁଲି ଯାଉଛେ ଯେ, ଆମେ ଆମ ପରିବାର ଓ ସମାଜ ପାଇଁ ବୋଝ ଭାବୁଥିବା ଆମ ପିତାମାତାଙ୍କ ପ୍ରତି ଆମେ ଯେଉଁପରି ବ୍ୟବହାର ଦେଖାଉଛେ ଠିକ୍ ସେହିପରି ବ୍ୟବହାର ଯେତେବେଳେ ଆମ୍ଭେମାନେ ପରିଣତ ବୟସରେ ଆମ ପିଲାମାନଙ୍କଠାରୁ ପାଇବା ତାହା ଆମ ମାନଙ୍କ ପାଇଁ କିପରି ସହିବାର ଶକ୍ତି ରଖିବ ? କେତେକ କ୍ଷେତ୍ରରେ ଦେଖାଯାଇଥାଏ ଯେ, ସମାଜରେ ବୟସ୍କ ନାଗରିକ ମାନଙ୍କ ପାଇଁ ବିଭିନ୍ନ ସ୍ୱତନ୍ତ୍ର ସୁବିଧା, ସୁଯୋଗ ଓ ସହାୟତାର ବ୍ୟବସ୍ଥା ଥିଲେ ମଧ୍ୟ ଏହା କିଛି କ୍ଷେତ୍ରରେ କାଗଜ କଲମରେ ବନ୍ଧା ଆଇନ ପରି ଲାଗୁଛି ଆଉ କେତେକ କ୍ଷେତ୍ରରେ ସ୍ୱାର୍ଥକୁ ଗୁରୁତ୍ୱ ଦିଆଯାଉଥିବାରୁ ଏହି ଆଇନର କୌଣସି ମୂଲ୍ୟ ରହୁନାହିଁ। ଆପଣମାନେ ଅଧିକାଂଶ କ୍ଷେତ୍ରରେ ଦେଖିଥିବେ ଯାତ୍ରା କରୁଥିବା କୌଣସି ବସ୍‌ରେ ବୟସ୍କ ନାଗରିକଙ୍କ ପାଇଁ ସଂରକ୍ଷଣ ଥିବା ସିଟ୍‌ରେ ଯୁବକମାନେ ବସିଥିବେ କିନ୍ତୁ ନିଜ ଭାଗ୍ୟକୁ ଆଦରି ବରଂ ନୀରବ ରହି ଛିଡ଼ା ହୋଇ କଷ୍ଟର ସହିତ ଯାତ୍ରା କରୁଥିବେ ସେହି ବସ୍‌ରେ ପରିଣତ ବୟସର ନାଗରିକମାନେ। ଏ କ୍ଷେତ୍ରରେ ବିବେକର ଆହ୍ୱାନ କ'ଣ ଆମ୍ଭେମାନେ ସମସ୍ତଙ୍କୁ କାନରେ କହିବାକୁ ପଡ଼ିବ ? ଶିଶୁଟିଏ ଜନ୍ମ ହେଲା ଠାରୁ କଥା କହିବା ପର୍ଯ୍ୟନ୍ତ ତା' ପାଇଁ ପିତାମାତା ଅନେକ କିଛି କରିଥାଆନ୍ତି। ଅନେକ କିଛି ଦୁଃଖ ସହିଥାଆନ୍ତି। ସେମାନଙ୍କର କୌଣସି ଆଶା ନଥାଏ। ପ୍ରତ୍ୟେକ ସନ୍ତାନ ସେମାନଙ୍କର ବୃଦ୍ଧତ୍ୱ ସମୟରେ ତାଙ୍କ ସେବା କରିବା ଶ୍ରେଷ୍ଠ କର୍ତ୍ତବ୍ୟ।

# ଗାନ୍ଧୀଙ୍କ ପ୍ରାସଙ୍ଗିକତା ସର୍ବଦା ରହିଛି



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ଶହୀଦନଗର କାର୍ଯ୍ୟାଳୟଠାରେ ସାମାଜିକ ବୌଦ୍ଧିକ ତଥା ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ଆଦର୍ଶ ଚିନ୍ତାଧାରାକୁ ନେଇ ଗଠିତ ଅନୁଷ୍ଠାନ "ହର ଦିଲମେଁ ଗାନ୍ଧୀ"ର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଗାନ୍ଧୀଙ୍କ ଆଦର୍ଶ, ଚିନ୍ତାଧାରାକୁ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ଜନସାଧାରଣଙ୍କ ପାଖରେ ପହ ାଇବା ତଥା ବିଭିନ୍ନ ସାମାଜିକ ସଂଗଠନମାନଙ୍କୁ ଏକତ୍ର କରି ଗାନ୍ଧୀଙ୍କ ଚିନ୍ତାଧାରା, କାର୍ଯ୍ୟ, ମୂଲ୍ୟବୋଧ ତଥା ଦେଶପ୍ରେମର ଅର୍ଘ୍ୟ ସମାଜରେ ପରିବ୍ୟାପ୍ତ କରିବା ଲକ୍ଷ୍ୟକୁ ନେଇ ଉକ୍ତ ବୈଠକ ସ୍ୱାଧୀନତା ସଂଗ୍ରାମୀ ଉତ୍ତରଦାୟାଦ ସଂଗଠନର ଆବାହକ, ବିଶିଷ୍ଟ ସମାଜସେବୀ ଶିବ ନାରାୟଣ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ସମାଜସେବୀ ଗାନ୍ଧିବାଦୀ ବିଜୟ ତ୍ରିପାଠୀ, ଶହୀଦ ରଘୁ-ଦିବାକର ସ୍ମୃତି ସଂସଦର ସାଧାରଣ ସମ୍ପାଦକ ବ୍ରଜବନ୍ଧୁ ପରିଡ଼ା, ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ମୁଖପାତ୍ର ସାମ୍ବାଦିକ ଅରବିନ୍ଦ ତ୍ରିପାଠୀ, ନାରାୟଣ ସେବା ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ସୀତାଂଶୁ ଶେଖର ମହାରଣା, ସଂଗ୍ରାମୀ ଦାୟାଦ ରାଜକୁମାର ଜେନା ଯୋଗଦେଇ ଗାନ୍ଧୀଙ୍କ ନୀତି, ଆଦର୍ଶ ଯୁଗେଯୁଗେ ରହିଛି ଓ ରହିବ ବୋଲି ମତବ୍ୟକ୍ତ କରିଥିଲେ। ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ ସମାଜସେବୀ ଶରତ ଚନ୍ଦ୍ର ପ୍ରଧାନ।

## ନୀଳଗିରି ଅ ଳରୁ ବ୍ରାଉନସୁଗାର ଜବତ

ବାଲେଶ୍ୱର (ପିଏନ୍)-ନୀଳଗିରି ଥାନା ଅନ୍ତର୍ଗତ ସନ୍ତରାଗଡ଼ିଆ ଅ ଳରୁ ବ୍ରାଉନ ସୁଗାର ଜବତ କରାଯାଇଛି। ବାଲେଶ୍ୱର ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାର୍ଡ଼ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୨୪୨ ଗ୍ରାମ ଧଳା ଜହର ଜବତ ସହ ଜଣଙ୍କୁ ଗିରଫ କରାଯାଇଛି। ଗିରଫ ଜଣଙ୍କ ହେଲେ ସନ୍ତରାଗଡ଼ିଆ ନିକଟ ଯୁକ ଗାଡ଼ିଆ ଅ ଳର ପର୍ଶୁରାମ ପାଣିଗ୍ରାହୀ। ଏବେ କିଛିଦିନ ହେଲା ପର୍ଶୁରାମ ଗାଁରେ ବ୍ରାଉନସୁଗାର କାରବାର ଚଳାଇ ଆସୁଥିଲା। ତେବେ ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାଡ୍ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୫ ହଜାର ଟଙ୍କା ନଗଦ ଜବତ ସହ ୨୪ ଲକ୍ଷ ୨୦ ହଜାର ଟଙ୍କାର ବ୍ରାଉନ ସୁଗାର ଜବତ କରାଯାଇଛି।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଜିଲ୍ଲା ଶିକ୍ଷାଧିକାରୀ କାର୍ଯ୍ୟାଳୟ ସମ୍ମୁଖରେ ଓଡ଼ିଶା ଏମଡ଼ିଏମ୍ ସଂଘର ମୟୂରଭଞ୍ଜ ଶାଖା ପକ୍ଷରୁ ବିକ୍ଷୋଭ

ବାରିପଦା,(ପିଏନ)- ମୟୂରଭଞ୍ଜ ଜିଲ୍ଲାରେ ଥିବା ବିଭିନ୍ନ ବିଦ୍ୟାଳୟଗୁଡ଼ିକରେ କାର୍ଯ୍ୟରତ ଏମ୍‌ଡ଼ିଏମ୍ ପାଚିକା ଓ ସହାୟିକାମାନଙ୍କର ୨୮ ମାସର ଏରିଆର ପ୍ରଦାନ ସହ ବକେୟା ୩ ମାସର ଦରମା ଏବଂ ବେଆଇନ ଭାବେ ଛଟେଇ ହୋଇଥିବା ପାଚିକା ଓ ସହାୟିକାମାନଙ୍କୁ ପୁନଃ ନିଯୁକ୍ତି ଦାବିରେ ଆଜି ଓଡ଼ିଶା ଏମଡ଼ିଏମ ୱାର୍କାରସ୍ ୟୁନିୟନର ମୟୂରଭଞ୍ଜ ଶାଖା ପକ୍ଷରୁ ମୟୂରଭଞ୍ଜ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ କରୋନା ମାର୍ଗଦର୍ଶୀକା ଅନୁପାଳନ ପୂର୍ବକ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା । ଓଡ଼ିଶା ଏମଡ଼ିଏମ ୱାର୍କାରସ୍ ୟୁନିୟନର କୋଷାଧ୍ୟକ୍ଷ ଅମଲ ଦେଙ୍କ ପୌରହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିକର୍ତନ କବି, ପ୍ରଶାନ୍ତ ପରିଡ଼ା, କୁଞ୍ଜଲତା ମହାନ୍ତ, ସନ୍ଧ୍ୟା ବେହେରା, ମାଳତୀ ମହାନ୍ତ, ରଞ୍ଜିତା ରାଉତ, ମେରିଆ ହାଁସଦାଃ, ବୀଣାପାଣି ନାୟକ, ଆଲାଦି ହେମ୍ବ୍ରମ, କାଲୁ ଦେହୁରୀ, ମଞ୍ଜୁଳା ମହାନ୍ତ, ଆରତୀ କବି, ଅନ୍ନପୂର୍ଣ୍ଣା ବାରିକ ପ୍ରମୁଖ ଯୋଗ ଦେଇ ନିଜ ନିଜର ମତ ଉପସ୍ଥାପନ କରାଇଥିଲେ । ଏହାପରେ ଏକ ପ୍ରତିଧି ଦଳ କାର୍ଯ୍ୟାଳୟକୁ ଯାଇ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ସହ ସେମାନଙ୍କ ୮ ଦଫା ଦାବିଗୁଡ଼ିକ ଉପରେ ଆଲୋଚନା କରିଥିଲେ ଏବଂ ଜିଲ୍ଲା ଶିକ୍ଷା ଅଧିକାରୀ ୩ ମାସର ବକେୟା ଦରମା ପ୍ରଦାନ ନିମନ୍ତେ ବିଲ ଯାଇଛି । ପାଶ ହୋଇ ଆସିବା ପରେ ପ୍ରଦାନ କରାଯିବ । ଏଥି ସହିତ ୨୮ ମାସର ଏରିଆର ଟଙ୍କା ପ୍ରଦାନ ନିମନ୍ତେ ବିଲ ଯାଇଛି । ଭୁବନେଶ୍ୱରରୁ ପାଶ ହୋଇ ଆସିଲେ ମିଳିଯିବ ଏବଂ ଛଟେଇ ପାଚିକା ଓ ସହାୟିକାମାନଙ୍କ ଫାଇଲକୁ ଅନୁଧ୍ୟାନ କରି ବିହିତ ପଦକ୍ଷେପ ଗ୍ରହଣ କରିବେ ବୋଲି ନିର୍ଭର ପ୍ରତିଶ୍ରୁତି ପ୍ରଦାନ କରିଥିଲେ । ସେହିପରି ଯେଉଁ ଦାବିଗୁଡ଼ିକ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କ୍ଷମତା ପରିସରର ବାହାରେ ସେଗୁଡ଼ିକ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରେରଣ କରାଇବେ ବୋଲି ପ୍ରକାଶ କରିଥିଲେ ।

# ବିଶ୍ୱ ହସ୍ତ ପ୍ରକ୍ଷାଳନ ଦିବସ ପାଳିତ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ୱୟଂଶାସିତ କଲେଜ ଠାରେ ଯୁବ ରେଡକ୍ରସ ଓ ୱାଟର କ୍ଲବ ତରଫରୁ ବିଶ୍ୱ ହସ୍ତ ପ୍ରକ୍ଷାଳନ ଦିବସ ଗୁରୁବାର ପାଳିତ ହୋଇଯାଇଛି । ପ୍ରଥମେ ମହାବିଦ୍ୟାଳୟ ସମ୍ମୁଖରେ ଯୁବ ରେଡକ୍ରସ ସ୍ୱେଚ୍ଛାସେବୀ ମାନଙ୍କୁ ନେଇ ଯୁବ ରେଡକ୍ରସ ପରାମର୍ଶଦାତା ଡଃ ତରୁଣ କୁମାର ପ୍ରଧାନ ହସ୍ତ ପ୍ରକ୍ଷାଳନର ବିଭିନ୍ନ ନିୟମ ଦର୍ଶାଇଥିଲେ । ଏଥିରେ ଡିନ୍ ପ୍ରମୋଦ କୁମାର ସାହୁ ମୁଖ୍ୟ ଅତିଥି ଭାବରେ ଯୋଗଦାନ କରି ସାବୁନ ଓ ଜଳ ଦ୍ୱାରା ହସ୍ତ ପ୍ରକ୍ଷାଳନ କରି ବିଭିନ୍ନ ରୋଗ ଓ ଭୂତାଣୁ ଠାରୁ ନିଜକୁ ରକ୍ଷା କରିପାରିବା ବୋଲି ପ୍ରକାଶ କରିଥିଲେ । ପରେ କଲେଜ ଅଧକ୍ଷା ଅନୁପମା ପାଢୀଙ୍କ ଅଧକ୍ଷତାରେ ଏକ ଭର୍ଚୁଆଲ ସଭା ଅନୁଷ୍ଠିତ ହୋଇଥିଲା । ଏଥିରେ ଅଧକ୍ଷା ଓ ରେଡକ୍ରସ ପରାମର୍ଶଦାତା ବିଶ୍ୱ ହସ୍ତ ପ୍ରକ୍ଷାଳନ ଦିବସର ମହତ୍ୱ ଉପରେ ଆଲୋକପାତ କରିଥିଲେ । ଯୁବ ରେଡକ୍ରସ ସ୍ୱେଚ୍ଛାସେବୀ ସଂସ୍କୃତି ବାବୁ ହସ୍ତ ପ୍ରକ୍ଷାଳନର ନିୟମ ଓ ଅନୁଶୀଳନ ଉପରେ ପାୱାର ପାଏ ମାଧ୍ୟମରେ ବକ୍ତବ୍ୟ ରଖିଥିଲେ । ସମସ୍ତେ ରୋଗ, ମହାମାରୀ, ଭୂତାଣୁ, ଜୀବାଣୁ, କରୋନା ପ୍ରଭାବରୁ ରକ୍ଷା ପାଇବା ପାଇଁ ନିୟମିତ ସାବୁନରେ ଭଲ ଭାବରେ ହାତ ଧୋଇବା ଦ୍ୱାରା ହିଁ ଏହି ରୋଗ କମ କରିପାରିବା ବୋଲି ଜଣାଇଥିଲେ । ଏହା ପ୍ରତିବର୍ଷ ଅକ୍ଟୋବର ମାସ ୧୫ ତାରିଖରେ ୨୦୦୮ ମସିହାରୁ ମିଳିତ ଜାତିସଂଘ ତରଫରୁ ସମଗ୍ର ବିଶ୍ୱରେ ପାଳିତ ହୋଇ ଆସୁଅଛି । ଶେଷରେ ଅଧ୍ୟାପିକା ସଙ୍ଗୀତା ନେତାମ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତ୍ତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା ଷ୍ଟେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିଲିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା । ନିଆଁ ଲାଗିଥିବା ସପିଂ ମଲର ଅଳ୍ପ ଦୂରରେ ଥିବା ଏକ ପେଟ୍ରୋଲ ପମ୍ପ ରହିଥିବାରୁ ସେଥିରେ ଯେପରି ନିଆଁ ନ ଧରିବ ସେଥି ନିମନ୍ତେ ପ୍ରଶାସନ ପକ୍ଷରୁ ସମସ୍ତ ପ୍ରକାରର ବ୍ୟବସ୍ଥା କରାଯାଇଥିଲା । ରାଇରଙ୍ଗପୁର ପୁଲିସ ଘଟଣାସ୍ଥଳରେ ପହଁଚି ମୁଖ୍ୟ ରାସ୍ତାକୁ ସିଲ୍ କରିଦେଇଥିଲେ । ସପିଂ ମଲରେ ଅଗ୍ନିକାଣ୍ଡ ଘଟିବାର ସଠିକ୍ କାରଣ ବର୍ତମାନ ପର୍ଯ୍ୟନ୍ତ ଜଣାପଡ଼ିନଥିବା ସମୟରେ ସଟ୍ ସର୍କିଟ୍ କାରଣରୁ ଘଟିଥାଇ ପାରେ ବୋଲି ସନ୍ଦେହ କରାଯାଇଥିବା ସମୟରେ ରାଇରଙ୍ଗପୁର ଉପଖଣ୍ଡରେ ଏହି ପ୍ରକାରର ଭୟାବହ ଅଗ୍ନିକାଣ୍ଡ ପ୍ରଥମ ଘଟଣା ବୋଲି ଜଣାପଡ଼ିଛି ।

# ପାରାଦୀପରେ ସଡକ ସୁରକ୍ଷା ସଚେତନତା ରାଲି : ଟ୍ରାଫିକ ନିୟମ ପାଳନ ପାଇଁ ଆହ୍ୱାନ



ପାରାଦୀପ,(ପି.ଏନ): ପାରାଦୀପରେ ବିପର୍ଯ୍ୟସ୍ତ ଟ୍ରାଫିକ ବ୍ୟବସ୍ଥା ଯୋଗୁଁ ବହୁ ସମୟରେ ଅନେକ ଦୁର୍ଘଟଣା ଘଟି ଗଲାଣି ଅନେକ ଜୀବନ କ୍ଷ ତେବେ ଏହି ମୂଲ୍ୟବାନ ଜୀବନ ସୁରକ୍ଷିତ ରଖିବା ଉଦ୍ଦେଶ୍ୟରେ ପାରାଦୀପ ଇଣ୍ଡିଆନ ଅଏଲ ଏଲପିଜି ଟର୍ମୀନାଲ, ପାରାଦୀପ ରୋଟାରୀ କ୍ଲବ ଏବଂ ପାରାଦୀପ ମହାବିଦ୍ୟାଳୟ ଏନସିସି କ୍ୟାଡେଟ ମାନଙ୍କ ମିଳିତ ସହଯୋଗରେ ଏକ ସଡକ ସୁରକ୍ଷା ସଚେତନତା ଅଭିଯାନ କାର୍ଯ୍ୟକ୍ରମ ଶନିବାର ଦିନ ଆୟୋଜିତ ହୋଇଯାଇଛି କ୍ଷ ଏହି ପରିପ୍ରେକ୍ଷୀରେ ଇଫକୋ ଛକ ଠାରୁ ଅଠରବାଙ୍କି ପର୍ଯ୍ୟନ୍ତ ଏକ ବିରାଟ ସଚେତନତା ରାଲି ଅନୁଷ୍ଠିତ ହୋଇଥିଲା କ୍ଷ ସମସ୍ତ ଅଂଶଗ୍ରହଣକାରୀ ପ୍ଲାକାଡ ସହ ବିଭିନ୍ନ ସ୍ଲୋଗାନ ଦେଇ ରାସ୍ତାରେ ଯାତାୟତ କରୁଥିବା ସମସ୍ତ ଦୁଇଚ଼କିଆ, ଚ଼ାରିଚ଼କିଆ ଓ ଭାରୀଯାନ ଚ଼ାଳକ ମାନଙ୍କୁ ଟ୍ରାଫିକ ନିୟମ କୁ ସଠିକ ଭାବେ ପାଳନ କରିବାକୁ ସଚେତନ କରିଥିଲେ କ୍ଷ ଟ୍ରାଫିକ ନିୟମ କୁ ସମସ୍ତ ଗାଡି ଚ଼ାଳକ ପାଳନ କଲେ ଅମୁଲ୍ୟ ଜୀବନ ସୁରକ୍ଷିତ ରହିପାରିବ ବୋଲି ସମସ୍ତଙ୍କୁ ସଚେତନ କରାଯାଇଥିଲା କ୍ଷ ଏହି କାର୍ଯ୍ୟକ୍ରମ କୁ ପାରାଦୀପ ରୋଟାରୀ କ୍ଲବ ର ସଭାପତି ଲେଫ୍ଟନାଣ୍ଟ କମାଣ୍ଡର ଅକ୍ଷୟ ଚ଼ନ୍ଦ୍ର ମିଶ୍ର ପରିଚ଼ାଳନା କରିଥିବାବେଳେ ରୋଟାରୀ କ୍ଲବ ର ସମ୍ପାଦକ ଡ଼ଃ. ରବିନ୍ଦ୍ରନାଥ ବାରିକ, ସଦସ୍ୟ ଡ଼ଃ. କୈଳାଶ ଚ଼ନ୍ଦ୍ର ମହାରଣା, କ୍ୟାପଟେନ ଅଲେଖ ଚ଼ନ୍ଦ୍ର ସାହୁ, ଆଭାସ ଚ଼ନ୍ଦ୍ର ଚୌଧୁରୀ, କ୍ୟାପଟେନ ପ୍ରେମାନନ୍ଦ ରାଉତ, ଗଣେଶ୍ୱର ପାତ୍ର, ଡ଼ଃ. ପ୍ରଶାନ୍ତ ମହାପାତ୍ର, ଦୀପକ କୁମାର ଷଡଙ୍ଗୀ, କିଶୋର କୁମାର ବେହେରା, ବିପ୍ଳବ କୁମାର ଜେନା, ଅମିତାଭ ମୁର୍ମୁ, ଇଣ୍ଡିଆନ ଅଏଲ ର ବହୁ ଅଧିକାରୀ ଏବଂ ମହାବିଦ୍ୟାଳୟ ର ଏନସିସି କ୍ୟାଡେଟ ମାନେ ସହଯୋଗ କରିଥିଲେ

# ଧାମରା ପୋର୍ଟ ଏବଂ ଆଇଆଇଟି ଭୁବନେଶ୍ୱର ଗବେଷଣ ଓ ଉଦ୍ୟମିତା ପାର୍କ ମଧ୍ୟରେ ଏମ୍‌ଓୟୁ ସ୍ୱାକ୍ଷରିତ




ଭୁବନେଶ୍ୱର, (ପି.ଏନ): ଗବେଷଣା, ପ୍ରଶିକ୍ଷଣ, ଦକ୍ଷତା ବିକାଶ ଏବଂ ଉଦ୍ୟମିତା କ୍ଷେତ୍ରରେ ସହଯୋଗକୁ ପ୍ରୋତ୍ସାହନ ଦେବା ଉଦ୍ଦେଶ୍ୟରେ ଆଇଆଇଟି ଭୁବନେଶ୍ୱର ଗବେଷଣ ଓ ଉଦ୍ୟମିତା ପାର୍କ ଏବଂ ଧାମରା ପୋର୍ଟ କମ୍ପାନୀ ଲିମିଟେଡ (ଡିପିସିଏଲ) ମଧ୍ୟରେ ଏକ ଏମ୍‌ଓୟୁ ସ୍ୱାକ୍ଷରିତ ହୋଇଛି । ଭୁବନେଶ୍ୱର ଆଇଆଇଟି ପରିସରରେ ଗବେଷଣ ଓ ଉଦ୍ୟମିତା ପାର୍କର ଶୁଭାରମ୍ଭ ଅବସରରେ ଏହି ଏମ୍‌ଓୟୁ ସ୍ୱାକ୍ଷରିତ ହୋଇଛି ।ଏହି ଏମ୍‌ଓୟୁ ଅନୁଯାୟୀ ଉଭୟ ପକ୍ଷ ମିଳିତ ଗବେଷଣା ପଦକ୍ଷେପ, ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଏବଂ ଷ୍ଟାର୍ଟ-ଅପ୍ ଇକୋସିଷ୍ଟମ ପାଇଁ ସହାୟତା ପ୍ରଦାନ କରିବା ଲାଗି ସେମାନଙ୍କ ପ୍ରତିବଦ୍ଧତା ବ୍ୟକ୍ତ କରିଛନ୍ତି । ଏହାଦ୍ୱାରା ପ୍ରଯୁକ୍ତି ହସ୍ତାନ୍ତର, ନବସୃଜନକୁ ପ୍ରୋତ୍ସାହନ ଏବଂ ଉଦ୍ୟୋଗ ମଧ୍ୟରେ ଉଦ୍ୟମିତାକୁ ପ୍ରୋତ୍ସାହନ ଦେବା ଲକ୍ଷ୍ୟରେ ବ୍ୟାପକ ପ୍ରକଳ୍ପ ଅନ୍ତର୍ଭୁକ୍ତ ହେବ । ଆଇଆଇଟି ଭୁବନେଶ୍ୱରର ସ୍ୱାଧୀନ ନିର୍ଦ୍ଦେଶକ ଡକ୍ଟର ଦେବୀ ପ୍ରୋସାଦ ଡୋଗ୍ରା କହିଛନ୍ତି, ଆମେ ଅଭିନବ ତଥା ଉଦ୍ୟୋଗୀ ସଂସ୍କୃତିର ବିକାଶ ପାଇଁ ଡିପିସିଏଲ୍ ସହିତ ସହଭାଗୀ ହୋଇଥିବାରୁ ଉତ୍ସାହିତ । ଆମର ଉତ୍ସ ଏବଂ ପାରଦର୍ଶୀତାକୁ ମିଶାଇ ଆମେ ବୈଷୟିକ ଜ୍ଞାନର ଗତି ତ୍ୱରାନ୍ୱିତ କରିବାକୁ ଲକ୍ଷ୍ୟ ରଖିଛୁ । ଅଗ୍ରଗତି ଏବଂ ଶିଳ୍ପରେ ସ୍ଥାୟୀ ଅଭିବୃଦ୍ଧି ଘଟାଇବା ।ସକାରାତ୍ମକ ପରିବର୍ତ୍ତନ ଆଣିବା ପାଇଁ ସହଭାଗୀତାର ସମ୍ଭାବନାକୁ ଗୁରୁତ୍ୱ ଦେଇ ଡିପିସିଏଲର ସିଇଓ ଶ୍ରୀ ଦେବେନ୍ଦ୍ର ଠାକ୍କର କହିଛନ୍ତି, ଏହି ଏମ୍‌ଓୟୁ ନବସୃଜନକୁ ବୃଦ୍ଧି କରିବା ଏବଂ ଷ୍ଟାର୍ଟଅପ୍‌ର ବିକାଶକୁ ସମର୍ଥନ କରିବା ପାଇଁ ଆମର ପ୍ରତିବଦ୍ଧତା ସୂଚିତ କରେ । ଆଇଆଇଟି ଭୁବନେଶ୍ୱର ସହିତ ମିଳିତ ଭାବରେ, ଆମେ ଶିଳ୍ପକୁ ଆଗକୁ ନେବା ପାଇଁ ଆମର ଦକ୍ଷତା ଅନୁସାରେ ସହଯୋଗ କରିବୁ । ସ୍ୱାକ୍ଷର ପରେ ତୁରନ୍ତ କାର୍ଯ୍ୟକାରୀ ହୋଇଥିବା ଏମୟଓୟୁ, ପାଂଚ ବର୍ଷ ପର୍ଯ୍ୟନ୍ତ ବଳବତ୍ତର ରହିବ । ଏହି ଏମ୍‌ଓୟୁ ଇନୋଭେସନ୍, ଗବେଷଣା ଏବଂ ଉଦ୍ୟୋଗ ପ୍ରତିପାଦନ ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ହେବ ।

# ବାଇକ ଧକ୍କାରେ ସାଇକେଲ ଆରୋହୀଙ୍କ ମୃତ୍ୟୁ

କେନ୍ଦ୍ରାପଡା, (ପିଏନ)- କଟକ-ଚାନ୍ଦବାଲି ରାସ୍ତାର ଜମଧର ଠାରେ ଗତ ୧୩ତାରିଖ ସନ୍ଧ୍ୟାରେ ଏକ ବାଇକ ଧକ୍କାରେ ଜଣେ ସାଇକେଲ ଆରୋହୀଙ୍କ ମୃତ୍ୟୁ ହୋଇଥିବା ଅଭିଯୋଗ ହୋଇଛି । ଅଭିଯୋଗ ଅନୁଯାଇ ଚାନ୍ଦୋଳ ଫାଣ୍ଡି ଅନ୍ତର୍ଗତ ଗହଗାନରସିଂପୁର ଗ୍ରାମର ଜ୍ଞାନରଞ୍ଜନ ପଣ୍ଡା ନାମକ ବ୍ୟକ୍ତି ଜଣକ ଗତ କିଛିବର୍ଷ ହେବ ମୁଲମଜୁରୀ ଲାଗିବାକୁ କେନ୍ଦ୍ରାପଡା ସହରର ମୀରପାଟଣା ଗ୍ରାମକୁ ଆସିଥାନ୍ତି । ସେ ଗତ ୧୩ତାରିଖ ସନ୍ଧ୍ୟାରେ ମଜୁରୀ ଲାଗି ଘରକୁ ସାଇକେଲରେ ଫେରୁଥିବା ବେଳେ ଜମଧର ନିକଟରେ ତାଙ୍କୁ ଏକ ବାଇକ ଧକ୍କା ଦେବାରୁ ସେ ତଳେ ପଡିଯାଇଥିଲେ । ତାଙ୍କୁ ସ୍ଥାନୀୟ ଲୋକଙ୍କ ଦ୍ୱାରା ଆମ୍ବୁଲାନ୍ସ ଯୋଗେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭ କରାଯାଇଥିଲା । ତାଙ୍କ ଅବସ୍ଥା ଗୁରୁ ର ହେବାରୁ ତାଙ୍କୁ କଟକ ବଡ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା । କିନ୍ତୁ ଗତ ୧୫ତାରିଖ ରାତି ପ୍ରାୟ ସାଢେ ୮ଟା ସମୟରେ ସେଠାରେ ତାଙ୍କର ମୃତ୍ୟୁ ହୋଇଯାଇଥିବା ସୂଚନା ମିଳିଛି । ମୃତକଙ୍କ ପରିବାର ପକ୍ଷରୁ ଏସମ୍ପର୍କରେ ସଦର ଥାନାରେ ଅଭିଯୋଗ କରାଯାଇଥିବା ଜଣାପଡିଛି ।

# ଯୁବକକୁ ମାରଣାନ୍ତକ ଆକ୍ରମଣ ଘଟଣା : ଅଭିଯୁକ୍ତ ଗିରଫ, ମାରଣାସ୍ତ୍ର ଜବତ

ଧର୍ମଶାଳା,(ପିଏନ)- ଯାଜପୁର ଜିଲା ଧର୍ମଶାଳା ବ୍ଲକ ବଡଚଣା ବ୍ଲକ ସୀମାନ୍ତ ଅଂଚଳ କଦମପାଳ-ବନମାଳୀପୁର ମଧ୍ୟସ୍ଥଳରେ ବାଙ୍କି ବନ୍ଧ ନିକଟରେ ଘଟିଥିବା ବିଭତ୍ସ ହତ୍ୟା ଘଟଣାରେ ପୋଲିସ ଅଭିଯୁକ୍ତକୁ ଗିରଫ କରିବା ତହ ବ୍ୟବହୃତ ଏକ ଧାରୁଆ କଟୁରୀକୁ ଜବତ କରିଛି । ଅଭିଯୁକ୍ତ ଜଣକ ହେଲେ ବନମାଳୀପୁର ଗ୍ରାମର ସମ୍ପର୍କୀୟ ଭାଇ ପ୍ରଶାନ୍ତ ସେଠୀ ବୋଲି ଜଣାପଡିଛି । ପାରିବାରିକ ପୂର୍ବ ଶତୃତାରୁ ଏଭଳି କାଣ୍ଡ ଭିଆଇଥିବା ନେଇ ପୋଲିସ ଆଗରେ ପ୍ରଶାନ୍ତ ସ୍ୱୀକାର କରିଥିବା ନେଇ ଯାଜପୁର ଏସଡିପିଓ ଚିନ୍ମୟ କୁମାର ନାୟକ ବାଲିଚନ୍ଦ୍ରପୁର ଥାନାରେ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି ।

ସୂଚନା ଥାଉକି ଗତ କାଲି ସନ୍ଧ୍ୟା ୭ ଘଟିକା ସମୟରେ ଦୃର୍ବୃତଙ୍କ ଆକ୍ରମଣରେ ରାସ୍ତାରେ ଉପରେ ପଡିଥିଲା ଏକ ଯୁବକର ମୃତ ଦେହ । ସ୍ଥାନୀୟ ଲୋକେ ରାସ୍ତାରେ ଯାତାୟତ ସମୟରେ ଦେଖିବାପରେ ଖବର ପଚାରିତ ହେବା ସହ ବାଲିଚନ୍ଦ୍ରପୁର ଥାନାକୁ ଖବର ଦିଆଯାଇଛି । ଖବର ପାଇ ପୁଲିସ ଘଟଣାସ୍ଥଳରେ ପଂହଚି ତଦନ୍ତ ଚଳାଇଥିଲା । ତଦନ୍ତ ସମୟରେ ମୃତ ଯୁବକର ପରିଚୟ ମିଳିଥିଲା । ମୃତ ଜଣକ ହେଲେ ବାଲିଚନ୍ଦ୍ରପୁର ଥାନା ଅନ୍ତର୍ଗତ ବନମାଳିପୁର ଗ୍ରାମର ଉତ୍ସବ ସେଠୀ(୩୨) ବୋଲି ଜଣାପଡିଥିଲା । ପୋଲିସ ୨୮୦/୨୦ରେ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଥିଲା । ଏବଂ ଘଟଣାସ୍ଥଳରୁ ଏକ ବାଇକ ଜବତ କରିଥିଲା । ବିଳମ୍ବିତ ରାତି ହେବାରୁ ଅଧିକ ତଦନ୍ତ ପାଇଁ ପୋଲିସ ସାଇଁଟିଫିକ ଦଳର ସହାୟତା ନେଇଥିଲା । ତେବେ ଆଜି ସକାଳେ କେନ୍ଦ୍ରାପଡାର ଏକ ସାଇଁଟିଫିକ ଦଳ ଆସି ଘଟଣାର ତଦନ୍ତ କରିଥିଲେ । ତଦନ୍ତ ପରେ ପୋଲିସ ମୃତ ଦେହକୁ ବ୍ୟବଚ୍ଛେଦ ନିମନ୍ତେ ବଡଚଣା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପଠାଇ ଦେଇଥିଲେ ।

# ଭଗବାନ ଦ୍ୱିବେଦୀଙ୍କ ବିୟୋଗରେ ବ୍ରାହ୍ମଣ ମହାସଭା ପକ୍ଷରୁ ଶୋକସଭା ପାଳିତ

ବାରିପଦା,(ପିଏନ)- ଓଡ଼ିଶା ବ୍ରାହ୍ମଣ ମହାସଭା ମୟୂରଭଞ୍ଜ ଶାଖାର କାର୍ଯ୍ୟକାରୀ ସଭାପତି ସୁଦର୍ଶନ ଦ୍ୱିବେଦୀଙ୍କ ପିତା ଭଗବାନ ଦ୍ୱିବେଦୀଙ୍କ ୯୬ ବର୍ଷ ବୟସରେ ଦେହାନ୍ତ ହୋଇଛି । ତାଙ୍କ ବିୟୋଗରେ ମୟୂରଭଞ୍ଜ ବ୍ରାହ୍ମଣ ମହାସଭା ପକ୍ଷରୁ ସଭାପତି ଡ଼ା. ମହାଦେବ ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସ୍ମୃତି ଚାରଣ ସଭାରେ ସାଧାରଣ ସମ୍ପାଦକ ଭାଗବତ ପଣ୍ଡା, ଉପସଭାପତି ଦୋଳଗୋବିନ୍ଦ ଦାଶ, କୋଷାଧ୍ୟକ୍ଷ ଅଚ୍ୟୁତ ପ୍ରସାଦ ମହାପାତ୍ର, ଯୁଗ୍ମ ସମ୍ପାଦକ ନରୋତମ ପାଣିଗ୍ରାହୀ ପ୍ରମୁଖ ଯୋଗ ଦେଇ ଆମେ ସମସ୍ତେ ଜଣେ ଉତମ ଯାଜ୍ଞିକ ବ୍ରାହ୍ମଣଙ୍କୁ ହରାଇ ଦେଇଛୁ । କର୍ମକାଣ୍ଡ ସମ୍ପର୍କରେ ତାଙ୍କର ଅଗାଧ ଜ୍ଞାନ ସହ ଦକ୍ଷତା ରହିଥିଲା । ମୟୂରଭଞ୍ଜ ଜିଲ୍ଲା ସହ ରାଜ୍ୟର ଅନ୍ୟ ଜିଲ୍ଲାମାନଙ୍କରେ ପ୍ରାୟ ୫ଶହରୁ ଅଧିକ ଯୋଜମାନ ରହିଥିଲେ । ସରଳ, ମେଳାପି ଓ ମିଷ୍ଟଭାଷୀ ବ୍ୟକ୍ତିତ୍ୱର ଆଧାରୀ ହୋଇଥିବା କାରଣରୁ ସମସ୍ତଙ୍କ ନିକଟରେ ପ୍ରିୟାପାତ୍ର ଓ ଆସ୍ଥା ଭାଜନ ହୋଇପାରିଥିଲେ । ତାଙ୍କ ବିୟୋଗରେ ବ୍ରାହ୍ମଣ ମହାସଭା ଏକ ଉତମ କର୍ମକାଣ୍ଡବିତ୍‌ଙ୍କୁ ସବୁଦିନ ନିମନ୍ତେ ହରାଇ ବସିଛି ବୋଲି ବକ୍ତାମାନେ ତାଙ୍କର ସ୍ମୃତି ଚାରଣ କରିଥିଲେ । ଉକ୍ତ କାର୍ଯ୍ୟକ୍ରମରେ ମହାସଭାର ବରିଷ୍ଠ ସଭ୍ୟ ଆଶୁତୋଷ ଆଚାର୍ଯ୍ୟ, ବ୍ରଜକିଶୋର ଦାଶ, ଗୋପୀନାଥ ପଣ୍ଡା, ସିଦ୍ଧେଶ୍ୱର ଶତପଥୀ, କାମେଶ୍ୱର ତ୍ରିପାଠୀ, ସଭ୍ୟା ଭଗବତୀ ଦାଶ ପ୍ରମୁଖ ଉପସ୍ଥିତ ରହି ଦିବଂଗତ ଆତ୍ମାପ୍ରତି ଭକ୍ତିପୁତ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିବା ସହ ଭଗବାନଙ୍କ ନିକଟରେ ୨ ମିନିଟ ନୀରବ ପ୍ରାର୍ଥନା କରିଥିଲେ ।

# ଭଦ୍ରକ : ଅବକାରୀ କର୍ମଚାରୀଙ୍କୁ ମାଡ ମାରିଥିବା ୩ ମଦ ମାଫିଆ ଗିରଫ

ଭଦ୍ରକ, (ପିଏନ)- ଅବକାରୀ କର୍ମଚାରୀମାନଙ୍କୁ ମଦ ମାଫିଆଙ୍କ ଆକ୍ରମଣ ଘଟଣାରେ ଭଦ୍ରକ ପୁରୁଣାବଜାର ଥାନା ପୁଲିସ୍ ୩ ଜଣ ଅଭିଯୁକ୍ତଙ୍କୁ ଆଜି ଗିରଫ କରିଛି । ଖବର ଅନୁଯାୟୀ ଚଳିତ ମାସ ୭ ତାରିଖ ଦିନ ପୁରୁଣାବଜାର ଥାନା ମିର୍ଜାପୁର ଅଂଚଳରେ, ଅବକାରୀ ବିଭାଗ ପକ୍ଷରୁ ଚଢାଉ କରାଯାଇଥିଲା । ଏହି ଚଢାଉ ସମୟରେ ବିପୁଳ ପରିମାଣର ମଦ ସହ ୨ ଜଣ ଗିରଫ ହୋଇଥିଲେ । ହେଲେ ମଦ ମାଫିଆମାନଙ୍କ ପାଲଟା ଆକ୍ରମଣର ସମ୍ମୁଖୀନ ହୋଇଥିଲେ ଅବକାରୀ କର୍ମଚାରୀ । ଗିରଫ ହୋଇଥିବା ଅଭିଯୁକ୍ତମାନଙ୍କ ସହ ମଦକୁ ବି ଛଡାଇ ନେଇଥିଲେ ଆକ୍ରମଣକାରୀ । ଏବଂ ଅଭିଯୁକ୍ତମାନେ ସମସ୍ତ ୭ ଜଣ ଅବକାରୀ କର୍ମଚାରୀଙ୍କୁ ମାଡ ମାରି ଆହତ କରିବା ସହ ଗ୍ରାମରେ ଅଟକାଇ ରଖିଥିଲେ ।

# ନ୍ୟାୟ ଅପେକ୍ଷାରେ ବରିଷ୍ଠ ନାଗରିକ

ପାରାଦୀପ,(ପି.ଏନ): ଆଜିର ସଭ୍ୟ ଶିକ୍ଷିତ ସମାଜରେ ବାପା ମାଆଙ୍କୁ ହଇରାଣ କରିବା ଓ ନିର୍ଯାତନା ଦେବା ଏବଂ ଘରୁ ବାହାର କରିଦେବା ଏକ ସାମାଜିକ ବ୍ୟାଧି ହୋଇଗଲାଣି । ଏମିତି ଏକ ଘଟଣା ଦେଖିବାକୁ ମିଳିଛି ଜଗତସିଂହପୁର ଜିଲ୍ଲାର ଚ଼ଟୁଆ ପଞ୍ଚାୟତ ଅଧୀନ ଜନାର୍ଦ୍ଦନପୁର ଗ୍ରାମରେ । ଜନାର୍ଦ୍ଦନପୁର ଗ୍ରାମ ର ଗୋପୀନାଥ ପାତ୍ର, ବୟସ ୮୦ ଆଜକୁ ଦଶ ବର୍ଷ ହେବ ପୁଅ ବୋହୂଙ୍କ ଠାରୁ ନିର୍ଯାତିତ ହୋଇ ଆସୁଛନ୍ତି । ଏମିତି କି ଗୋପୀନାଥଙ୍କ ସାନ ପୁଅ ଗାଡ଼ି ଦୁର୍ଘଟଣାରେ ମୃତ୍ୟୁବରଣ କରିବା ପରେ ତା'ର ସହାୟତା ରାଶିରେ ମିଳିଥିବା ୯ ଲକ୍ଷ୍ୟ ଟଙ୍କାକୁ ବାପାଙ୍କ ଠାରୁ ଜୋର ଜବରଦସ୍ତି ନେଇ ଯାଇ ବାପାଙ୍କୁ ବିଭିନ୍ନ ପ୍ରକାରର ଶାରୀରିକ ଓ ମାନସିକ ନିର୍ଯ୍ୟାତନା ଦେଇ ଘରୁ ବାହାର କରିଦେଇଛି ପୁଅ । ବୃଦ୍ଧ ବାପା ଜଣକ ପେଟକୁ ଗଣ୍ଡେ ଦାନା ଯୋଗାଡ଼ କରିବା ପାଇଁ କେତେବେଳେ ମନ୍ଦିର ତ କେତେଳେ ମଠରେ ଆଶ୍ରୟ ନେଉଛନ୍ତି । ଏମିତି ଏକ ହୃଦୟ ବିଦାରକ ଘଟଣା ବିଷୟରେ ବୃଦ୍ଧ ଜଣକ ସେବା ଓ ଆଧ୍ୟାତ୍ମିକ ଧର୍ମ ସଂଗଠନ ବ୍ୟାସ ଫାଉଣ୍ଡେସନର ଉପସଭାନେତ୍ରୀ ରଶ୍ମିତା ନାୟକଙ୍କ ସହ ଯୋଗାଯୋଗ କରିଥିଲେ । ବ୍ୟାସ ଫାଉଣ୍ଡେସନର ଅଧକ୍ଷା ଶ୍ରୀମତୀ ସ୍ନେହମୟୀ ଆଚ଼ାର୍ଯ୍ୟ, ରଶ୍ମିତା ନାୟକ, ସଭ୍ୟ ମନୋଜ ପ୍ରଧାନ ଅସହାୟ ଗୋପୀନାଥଙ୍କୁ ଜଗତସିଂହପୁର ଉପଜିଲ୍ଲାପାଳଙ୍କ ନିକଟକୁ ନ୍ୟାୟ ପ୍ରଦାନ ପାଇଁ ପହଞ୍ଚାଇଥିଲେ । ଉପଜିଲ୍ଲାପାଳ ଘଟଣାଟିର ବିଚ଼ାର ବିମର୍ଷ କରି ବୃଦ୍ଧ ଜଣଙ୍କୁ ନ୍ୟାୟ ପ୍ରଦାନ କରିବେ ବୋଲି ପ୍ରତିଶୃତି ଦେଇଛନ୍ତି । ଏଠାରେ ସୂଚ଼ନାଥାଉକି ବରିଷ୍ଠ ନାଗରିକଙ୍କ ପାଇଁ ବିଭିନ୍ନ ପ୍ରକାରର ଆଇନ ପ୍ରଣୟନ କରାଯାଉଥିଲେ ମଧ ତାହା ଯଦି ସଠିକ୍ ଭାବରେ କାର୍ଯ୍ୟକାରୀ କରାଯାଆନ୍ତା ତାହେଲେ ଏମିତି ବରିଷ୍ଠ ନାଗରିକ ମାନେ ନିଜର ଅସହାୟତାକୁ ନେଇ ଆଇନର ଦ୍ୱାରସ୍ଥ ହୁଅନ୍ତେ ନାହିଁ କିମ୍ବା ଜରାଶ୍ରମକୁ ଶେଷ ଆଶ୍ରୟ ବୋଲି ନଭାବି ଆଇନ୍ ଉପରେ ଆଶା ପ୍ରକଟ କରି ଉଚ଼ିତ୍ ନ୍ୟାୟ ପାଆନ୍ତେ ବୋଲି ଶ୍ରୀମତି ଆଚ଼ାର୍ଯ୍ୟ ମତ ପ୍ରକାଶ କରିଛନ୍ତି ।

# ଭାସ୍କର ଚ଼ନ୍ଦ୍ର ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

ବାସୁଦେବପୁର,(ପି.ଏନ); ସ୍ଥାନୀୟ ଏଡତାଳ ଠାରେ ଭାସ୍କର ଚ଼ନ୍ଦ୍ର ଉଚ୍ଚ଼ ବିଦ୍ୟାଳୟ ର ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇ ଯାଇଛି । ପ୍ରଧାନ ଶିକ୍ଷକ ମୁକ୍ତି କାନ୍ତ ମହାନ୍ତି ଙ୍କ ସଭାପତିତ୍ୱ ରେ ଓଷ୍ଟା ଜିଲ୍ଲା ସମ୍ପାଦକ ପ୍ରଦୀପ୍ତ କୁମାର ଦାସ ମୁଖ୍ୟ ଅତିଥି ଭାବେ ଓଷ୍ଟା ବ୍ଲକ୍ ସମ୍ପାଦକ କମଳା କାନ୍ତ ନାୟକ ମୁଖ୍ୟ ବକ୍ତା ଭାବେ ଯୋଗଦେଇ ଥିଲେ । ଏହି ଅବସର ରେ ମୋ ସ୍କୁଲ କମିଟି ସଭାପତି ଧନୁର୍ଜୟ ପଲାଇ, ଏସ ଏମ ସି ସଭାପତି ପ୍ରଶାନ୍ତ ପଲାଇ, ପ୍ରଦୀପ କୁମାର ଦାସ, ଅଭିମନ୍ୟୁ ମହାଳିକ, ସସ୍ମିତା ବାରିକ୍, ମାନସୀ ବାରିକ୍, କନକ ଲତା ମଲ୍ଲିକ ପ୍ରମୁଖ ଉପସ୍ଥିତ ରହି ଥିଲେ । ଶିକ୍ଷକ ସୁଶାନ୍ତ ଭୋଇ ଅତିଥି ପରିଚ଼ୟ ପ୍ରଦାନ କରିଥିଲେ ଓ ବିବରଣୀ ପାଠ କରିଥିଲେ । ଏହି ଅବସର ରେ ବିଭିନ୍ନ କ୍ଷେତ୍ର ରେ କୃତି ବିଦ୍ୟାର୍ଥୀ ମାନଙ୍କୁ ପୁରସ୍କୃତ କରାଯାଇଛି । ପରେ ସାଂସ୍କୃତିକ କାର୍ଯ୍ୟ କର୍ମ ଅନୁଷ୍ଠିତ ହୋଇଥିଲା । ଶିକ୍ଷକ ଦିଲୀପ କୁମାର ବାରିକ୍ ଧନ୍ୟବାଦ୍ ଅର୍ପଣ କରିଥିଲେ ।

# ବିଜେଡି ସଂଖ୍ୟାଲଘୁ ସେଲ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଜନ୍ମଦିନରେ ମାସ୍କ ବଂଟନ



କେନ୍ଦ୍ରାପଡା, (ପିଏନ)- ଜିଲ୍ଲା ବିଜେଡି ସଂଖ୍ୟାଲଘୁ ସେଲ ପକ୍ଷରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ୭୪ତମ ଜନ୍ମଦିବସ ପାଳନ ଅବସରରେ ସାଧାରଣ ଜନତାଙ୍କୁ ମାସ୍କ ବଂଟନ କରାଯାଇଛି । ଏହି ଉପଲକ୍ଷେ ଜିଲ୍ଲା ବିଜେଡି ସଂଖ୍ୟାଲଘୁ ସେଲର ଅଧ୍ୟକ୍ଷ ସେକ ମହମ୍ମଦ ଇନାୟତ(ଚନ୍ଦନ)ଙ୍କ ନେତୃତ୍ୱରେ ପୁରୁଣା ବସଷ୍ଟାଣ୍ଡରେ ଏବଂ ୧୫ନମ୍ବର ୱାର୍ଡରେ ଜନସାଧାରଣଙ୍କୁ କରୋନା ମହାମାରୀରୁ ରକ୍ଷା ନିମନ୍ତେ ଲୋକମାନଙ୍କୁ ସଚେତନ କରାଯାଇ ମାସ୍କ ବଂଟନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ରକିବୁର ରହେମାନ, ମହମ୍ମଦ ରୋସନ, ଅବଦୁଲ ମଜିଦ, ସେକ ଟିକିବାବୁ, ମହମ୍ମଦ ସହୀଦ, ସେକ ମୋତି, ସେକ ରୋହିତ, ସେକ ଜୁନୁ ଓ ସେକ ବାବୁ ପ୍ରମୁଖ ଉପସ୍ଥିତ ଥିଲେ ।

# ଦୁତିପଡା ଏଏନଏମଙ୍କ ବିରୁଦ୍ଧରେ ଦାବିପତ୍ର ପ୍ରଦାନ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲା ଖଜୁରିପଡା ବ୍ଲକ ଅନ୍ତର୍ଗତ ଦୂତିପଡ଼ା ଗ୍ରାମ ପଂଚାୟତରେ ଥିବା ଉପ ସ୍ୱାସ୍ଥ୍ୟକେନ୍ଦ୍ରର ଏଏନଏମଙ୍କ ମନମୁଖୀ କାର୍ଯ୍ୟକୁ ନେଇ ଅଂଚଳବାସୀ ଏକ ଅଭିଯୋଗ ପତ୍ର ଜିଲା ପ୍ରଶାସନକୁ ପ୍ରଦାନ କରିଛନ୍ତି । ସେମାନେ ଦେଇଥିବା ଅଭିଯୋଗ ଅନୁସାରେ, ଉକ୍ତ ସ୍ୱାସ୍ଥ୍ୟକେନ୍ଦ୍ର ଉପରେ ଦୁତିପଡା ଏବଂ ଆଖପାଖର ଶତାଧିକ ଲୋକ ନିର୍ଭର କରୁଛନ୍ତି । ହେଲେ ସେହି କେନ୍ଦ୍ରର ଦାୟୀତ୍ୱରେ ଥିବା ଏ.ଏନ.ଏମ ନିୟମିତ ନ ଆସିବାରୁ ମାସର ଅଧିକାଂଶ ସମୟ ଉକ୍ତ ଉପସ୍ୱାସ୍ଥ୍ୟକେନ୍ଦ୍ରରେ ତାଲା ଝୁଲୁଛି । ଉକ୍ତ ଉପସ୍ୱାସ୍ଥ୍ୟ କେନ୍ଦ୍ରରେ ଥିବା ଏଏନଏମ୍ ପ୍ରଭାସିନି ନାୟକଙ୍କ ମନମୁଖୀ କାର୍ଯ୍ୟରେ ଅଂଚଳବାସୀ ଅତିଷ୍ଠ ହୋଇ ଜିଲାପାଳ ଓ ଜିଲା ଅତିରିକ୍ତ ଚିକିତ୍ସା ଅଧିକାରୀଙ୍କୁ ଏକ ଲିଖିତ ଅଭିଯୋଗ ଦେଇଛନ୍ତି । ଅଭିଯୋଗ ପ୍ରକାରେ, ଏଏନଏମ୍ ଜଣକ ନିୟମିତ ଭାବେ କାର୍ଯ୍ୟକୁ ଆସୁନଥିବାରୁ ସେହି ଉପସ୍ୱାସ୍ଥ୍ୟ କେନ୍ଦ୍ର ଉପରେ ନିର୍ଭର କରୁଥିବା ଲୋକେ ସଠିକ୍ ସମୟରେ ସ୍ୱାସ୍ଥ୍ୟ ସେବା ନ ପାଇ ସମସ୍ୟାରେ ପଡୁଛନ୍ତି । ଫଳରେ ସେମାନଙ୍କୁ ଫୁଲବାଣୀ ମୁଖ୍ୟ ଚିକିତ୍ସାଳୟ କିମ୍ବା ଖଜୁରିପଡ଼ା ଗୋଷ୍ଠି ସ୍ୱାସ୍ଥ୍ୟକେନ୍ଦ୍ରକୁ ଯିବାକୁ ପଡୁଛି । ନିଜ ଗାଁରେ ଏହି ସ୍ୱାସ୍ଥ୍ୟକେନ୍ଦ୍ରଟି ଥିଲେ ମଧ୍ୟ ସେମାନେ ଅଯଥା ଖର୍ଚ୍ଚାନ୍ତ ହେଉଛନ୍ତି । ବିଭିନ୍ନ ସମୟରେ ଗର୍ଭବତୀ, ନବଜାତ ଶିଶୁ ଓ ପ୍ରସୂତିମାନେ ଅନେକ ସମୟରେ ସେବା ପାଇବାରୁ ବଂଚିତ ହେଉଛନ୍ତି । ଏନେଇ ଏଏନଏମଙ୍କ କହିଲେ ମିଥ୍ୟା କେସ୍ ଦେଇ ଲୋକଙ୍କୁ ହଇରାଣ କରୁଥିବା ମଧ ଅଭିଯୋଗ ପତ୍ରରେ ଦର୍ଶାଯାଇଛି । ଏ ଦିଗରେ ଜିଲା ପ୍ରଶାସନ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ପାଇଁ ମଧ୍ୟ ଅ ଳବାସୀ ଦାବିକରିଛନ୍ତି ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Monday February 12, 2024 ଭୁବନେଶ୍ୱର ସୋମବାର, ଫେବୃଆରୀ ୧୨,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ସମଗ୍ର ଦେଶରେ ପ୍ରଥମ : ଦଶମ ଓ ଦ୍ୱାଦଶରେ କିସ୍‌ରୁ ରେକର୍ଡ଼ ସଂଖ୍ୟକ ପରୀକ୍ଷାର୍ଥୀ

ଭୁବନେଶ୍ୱର, (ପି.ଏନ): ଚଳିତ ବର୍ଷ ମାଧ୍ୟମିକ ଶିକ୍ଷା ବୋର୍ଡ଼ ଦ୍ୱାରା ପରିଚାଳିତ ଦଶମ ଶ୍ରେଣୀ ଓ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ +୨ ପରୀକ୍ଷାରେ କିସ୍‌ରୁ ରେକର୍ଡ଼ ସଂଖ୍ୟକ ଛାତ୍ରଛାତ୍ରୀ ପରୀକ୍ଷା ଦେବେ। କିସ୍‌ର ୨୦୦୦ ଛାତ୍ରଛାତ୍ରୀ ଦଶମ ଶ୍ରେଣୀ ପରୀକ୍ଷା ଦେଉଥିବା ବେଳେ ୧୯୦୮ ଛାତ୍ରଛାତ୍ରୀ +୨ ପରୀକ୍ଷା ଦେବେ। ଉଭୟ ଦଶମ ଓ +୨ ପରୀକ୍ଷା ଦେବାକୁ ଯାଉଥିବା ଛାତ୍ରଛାତ୍ରୀମାନଙ୍କ ମଧ୍ୟରୁ ୫୦% ହେଉଛନ୍ତି ଛାତ୍ରୀ। ପ୍ରତିବର୍ଷ ଭଳି ଚଳିତ ବର୍ଷ ମଧ୍ୟ ପରୀକ୍ଷାର ଅବ୍ୟବହିତ ପୂର୍ବରୁ କିଟ୍ ଓ କିସ୍‌ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଆଜି ଛାତ୍ରଛାତ୍ରୀମାନଙ୍କୁ ପରୀକ୍ଷା ସମ୍ପର୍କିତ ଆବଶ୍ୟକ ପରାମର୍ଶ ଦେବା ସହ ସେମାନଙ୍କୁ କଲମ ବଣ୍ଟନ କରିଥିଲେ। ଏହି ଅବସରରେ ସେ ପରୀକ୍ଷାରେ ଛାତ୍ରଛାତ୍ରୀଙ୍କ ସଫଳତା କାମନା କରିଥିଲେ। ଦଶମ ଶ୍ରେଣୀ ପିଲାଙ୍କ ପାଇଁ ୟୁନିଟ୍-୮, ବରମୁଣ୍ଡା ଓ ନିଳାଦ୍ରୀ ବିହାର ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର,



ଆଇଆରସି ଭିଲେଜସ୍ଥିତ ଭଗବତ୍ ଗୀତା ବିଦ୍ୟା ମନ୍ଦିର ଓ ଚନ୍ଦ୍ରଶେଖରପୁରସ୍ଥିତ ବିବେକାନନ୍ଦ ଶିକ୍ଷାକେନ୍ଦ୍ର ପରୀକ୍ଷା କେନ୍ଦ୍ର ହୋଇଛି। ସେହିପରି +୨ ପରୀକ୍ଷାର୍ଥିଙ୍କ ନିମନ୍ତେ ରାଜଧାନୀ କଲେଜ ଓ ମହର୍ଷି କଲେଜ ଅଫ୍ ନାଚୁରାଲ୍ ଲ ପରୀକ୍ଷା କେନ୍ଦ୍ର ହୋଇଛି। ଆସନ୍ତା ୨୦ ତାରିଖରୁ ଦଶମ ବୋର୍ଡ ପରୀକ୍ଷା ଆରମ୍ଭ ହେଉଥିବା ବେଳେ ୧୬ତାରିଖରୁ +୨ ପରୀକ୍ଷା ଆରମ୍ଭ ହେଉଛି। ଛାତ୍ରଛାତ୍ରୀଙ୍କୁ ବିଭିନ୍ନ ପରୀକ୍ଷା କେନ୍ଦ୍ରରେ ପହଞ୍ଚାଇବା ପାଇଁ କିସ୍ ପକ୍ଷରୁ ବ୍ୟାପକ ବନ୍ଦୋବସ୍ତ କରାଯାଇଛି। ପିଲାମାନଙ୍କୁ ପରୀକ୍ଷା କେନ୍ଦ୍ରକୁ ନେବା ଆଣିବା ପାଇଁ ୫୦ଟି ଲେଖାଏଁ ବସର ବ୍ୟବସ୍ଥା କରାଯାଇଛି।

## ମା ବୈଷ୍ଣବୀ ମହିଳା ମହାସଂଘର ବାର୍ଷିକ ଉତ୍ସବ ପାଳନ

ଭୁବନେଶ୍ୱର, (ପି.ଏନ) : ଆଜି ବି.ଏମ୍.ସି. ୫୩ ନମ୍ବର ୱାର୍ଡ ଭୀମପୁର ଭୋଇସାହି ଅଙ୍ଗନୱାଡ଼ି କେନ୍ଦ୍ର ଓ ଏସ୍.ଏଚ୍.ଜି. ମହିଳା ମହାସଂଘ ପଡ଼ିଆରେ ମା' ବୈଷ୍ଣବୀ ମହିଳା ମହାସଂଘର ବାର୍ଷିକ ଉତ୍ସବ ପାଳନ ସହ ବାର୍ଷିକ କ୍ରୀଡା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଅଛି । ସ୍ଥାନୀୟ କର୍ପୋରେଟର ମହାମାୟା ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବାର୍ଷିକ ଉତ୍ସବକୁ ମାନ୍ୟବର ମନ୍ତ୍ରୀ ଅଶୋକ ଚନ୍ଦ୍ର ପଣ୍ଡା ମୁଖ୍ୟ ଅତିଥି ଭାବେ ଯୋଗଦେଇ ଫିତାକାଟି ଉଦ୍‌ଘାଟନ କରିଥିଲେ । ସମ୍ମାନିତ ଅତିଥି ଭାବେ ବିଏମ୍‌ସି ମେୟର ଶ୍ରୀମତୀ ସୁଲୋଚନା ଦାସ ଯୋଗଦେଇ ମହିଳାମାନଙ୍କ ମଧ୍ୟରେ ଉତ୍ସାହ ଦେଖି ଭୂୟସୀ ପ୍ରଶଂସା କରିବା ସହ ମହିଳାମାନଙ୍କୁ ଆଗକୁ ନେବାରେ କର୍ପୋରେଟର ଶ୍ରୀମତୀ ମହାମାୟା ସ୍ୱାଇଁଙ୍କ ଅହରହ ପ୍ରଚେଷ୍ଟାକୁ ଧନ୍ୟବାଦ ଜଣାଇଥିଲେ । ପ୍ରତିବର୍ଷ ଭଳି ଆଜି ଏହି ଉତ୍ସବରେ ୭୦ଟି ଏସ୍.ଏଚ୍.ଜି. ଗୋଷ୍ଠୀର ୭୦୦ ରୁ ଊର୍ଦ୍ଧ୍ୱ ମହିଳାମାନେ ବିଭିନ୍ନ ଖେଳରେ ଏବଂ ସାଂସ୍କୃତିକ



କାର୍ଯ୍ୟକ୍ରମରେ ଭାଗନେଇଥିଲେ । ଆଜିର ପ୍ରତିଯୋଗିତାରେ ଯେଉଁମାନେ ସଫଳ କୃତିତ୍ୱ ଅର୍ଜନ କରିବେ, ସେମାନଙ୍କୁ ଆସନ୍ତା ବିଶ୍ୱ ମହିଳା ଦିବସରେ ପୁରସ୍କୃତ କରିବା ପାଇଁ ନିଷ୍ପତ୍ତି ନିଆଯାଇଛି ବୋଲି ବୈଷ୍ଣବୀ ମହିଳା ମହାସଂଘର ସଭାପତି ତଥା ୫୩ ନମ୍ବର ୱାର୍ଡର କର୍ପୋରେଟର ମହାମାୟା ସ୍ୱାଇଁ କହିଛନ୍ତି । ଆଜିର ଏହି ପ୍ରତିଯୋଗିତାରେ ମହିଳାମାନେ ଝୋଟି, ଚିତା ଓ ରଙ୍ଗୋଲି ଆଦି କରି ପରିବେଶକୁ ଉତ୍ସବମୟ କରିବା ସହିତ ମହିଳାମାନଙ୍କ ମନରେ ଉତ୍ସାହ ଭରିବା, ଖୋଲା ମନ ଓ ହୃଦୟରେ ଏକତା ରକ୍ଷା କରିବା ଏବଂ ସବୁ କାର୍ଯ୍ୟକୁ ଏକ ମନ ହୋଇ କରିବାକୁ ଅତିଥିମାନେ ଆହ୍ୱାନ ଦେଇଥିଲେ । ଆଜିର କ୍ରୀଡା ପ୍ରତିଯୋଗିତାରେ ୮ ପ୍ରକାର ଖେଳ ମହିଳାମାନେ ଭାଗ ନେଇଥିଲେ ଏବଂ ଏହିଭଳି କାର୍ଯ୍ୟକ୍ରମ ଆସନ୍ତା ମାର୍ଚ୍ଚ ୮ ତାରିଖ ବିଶ୍ୱ ମହିଳା ଦିବସ ପର୍ଯ୍ୟନ୍ତ ଚାଲୁ ରହିବ ବୋଲି ସୂଚନା ଦେଇଛନ୍ତି କର୍ପୋରେଟର ଶ୍ରୀମତୀ ସ୍ୱାଇଁ । ମହିଳାମାନଙ୍କୁ ସଂଘବଦ୍ଧ ହୋଇ ରାଜ୍ୟର ତଥା ଅଞ୍ଚଳର ପ୍ରଗତି ପାଇଁ କାମ କରିଯିବାକୁ ଆହ୍ୱାନ ଦେଇଥିଲେ ଶ୍ରୀମତୀ ସ୍ୱାଇଁ ।

## କୁସୁମି ଆଦର୍ଶ ବିଦ୍ୟାଳୟରେ ବାର୍ଷିକ ଉତ୍ସବ ଅନୁଷ୍ଠିତ

କୁକୁଡାଖଣ୍ଡି(ଇପିଲି ପୂର୍ଣ୍ଣଚନ୍ଦ୍ର), (ପି.ଏନ): କୁକୁଡାଖଣ୍ଡି ବ୍ଲକ୍ ଅନ୍ତର୍ଗତ ବାଘଲଟି ସ୍ଥିତ କୁସୁମୀ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଆଦର୍ଶ ବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଜଗନ୍ନାଥ ମହାରଣାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମ ଉତ୍ସବରେ ମୁଖ୍ୟଅତିଥି ରୂପେ କୁକୁଡାଖଣ୍ଡି ବ୍ଲକ୍ ଅଧକ୍ଷ କାମାକ୍ଷା ପ୍ରସାଦ ପାତ୍ର ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ବାଘଲଟି ସରପଞ୍ଚ ମାମୀ ଶାସମଲ, ଡିପିଏମ୍ ଗଞ୍ଜାମ ହେମନ୍ତ କୁମାର ଦାସ, ଅଭିନେତା ଜୀବନ ପଣ୍ଡା, ଅନ୍ତର୍ଯ୍ୟାମୀ ପଣ୍ଡା, ବ୍ରହ୍ମପୁର ଏମକେସିଜି ମେଡିକାଲର ବରିଷ୍ଠ ଚିକିତ୍ସକ ଡ଼ ଚନ୍ଦନ ଗନ୍ତାୟତ ପ୍ରମୁଖ ଯୋଗଦାନ କରି ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିଥିଲେ ।ପ୍ରଥମେ ବିଦ୍ୟାଳୟ ଅଧ୍ୟକ୍ଷ ଶ୍ରୀ ମହାରଣା ବାର୍ଷିକ ବିବରଣୀ ପାଠ କରିଥିଲେ। କ୍ରୀଡ଼ା ଶିକ୍ଷକ ମଧୁସୂଦନ ମିଶ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ।ଶିକ୍ଷକମାନଙ୍କର କାର୍ଯ୍ୟ




ଦକ୍ଷତା ଓ ବିଦ୍ୟାର୍ଥୀମାନଙ୍କ ଅକ୍ଲାନ୍ତ ପରିଶ୍ରମ ଯୋଗୁଁ କୁସୁମୀ ଆଦର୍ଶ ବିଦ୍ୟାଳୟ ସାରା ଓଡ଼ିଶାରେ ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଛି ବୋଲି ଅତିଥିମାନେ କହିବା ସହ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀଙ୍କୁ ପ୍ରଶଂସା କରିଥିଲେ । ଆଗାମୀ ଦିନରେ ଏଭଳି ଉଦ୍ୟମ ଜାରି ରଖିବା ପାଇଁ ଅତିଥିମାନେ ଆହ୍ୱାନ ଦେଇଥିଲେ।ପୂର୍ବରୁ ଆୟୋଜିତ ହୋଇଥିବା ବିଭିନ୍ନ କ୍ରୀଡ଼ା ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀଙ୍କୁ ଅତିଥିମାନଙ୍କ ଦ୍ୱାରା ମାନ ପତ୍ର ସହ ପୁରସ୍କାର ପ୍ରଦାନ କରାଯାଇଥିଲା ।ଏହି ଅବସରରେ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ହୋଇଥିଲା। କାର୍ଯ୍ୟକ୍ରମରେ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ, ଅଭିଭାବକ ସମେତ ବହୁ ଶିକ୍ଷାବିତ ଉପସ୍ଥିତ ଥିଲେ।ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ଶିକ୍ଷକ ରାଜେଶ ପ୍ରଧାନ, ସ୍ୱର୍ଣ୍ଣଲତା କର, ମୋନାଲିଶା ପ୍ରଧାନ, ସୌମ୍ୟା ସେଠି, ଅନାମ ବେହେରା,ପ୍ରଶାନ୍ତ କୁମାର ସାମଲ, ଦୀପକ ଆଚାରୀ,ବନିତା ,ସୁକନ୍ୟା, ଜଗଦୀଶ ଦୋରା, ତୁଷାର ଆଚାର୍ଯ୍ୟ, ଅଭୟ ସିଂ, ଲକ୍ଷ୍ମୀ ଗୌଡ଼,ଗୀତାଞ୍ଜଳି ସାହୁ,ସଙ୍ଗୀତା ପାଢ଼ୀ, ଚିନ୍ମୟ ଦାସ ଙ୍କ ସମେତ ଅନ୍ୟ ଶିକ୍ଷକ, ଶିକ୍ଷୟିତ୍ରୀ ଓ କର୍ମଚାରୀବୃନ୍ଦ ଉପସ୍ଥିତ ରହି ପରିଚାଳନାରେ ସହଯୋଗ କରିଥିଲେ।

## ଓଡ଼ିଶା ରାଜ୍ୟ ରାଜସ୍ୱ କ୍ଷେତ୍ର ଅଧିକାରୀ ସଙ୍ଘର ଜିଲ୍ଲା ସ୍ତରୀୟ ତ୍ରୟବାର୍ଷିକ ସମ୍ମିଳନୀ

କେନ୍ଦ୍ରାପଡ଼ା,(ପି.ଏନ): ଓଡ଼ିଶା ରାଜ୍ୟ ରାଜସ୍ୱ କ୍ଷେତ୍ର ଅଧିକାରୀ ସଙ୍ଘର ଜିଲ୍ଲା ସ୍ତରୀୟ ତ୍ରୟବାର୍ଷିକ ସମ୍ମିଳନୀ ଆଜି ଟାଉନହଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ସୁକାନ୍ତ କୁମାର ମଲ୍ଲିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ) ନିଲୁ ମହାପାତ୍ର ଯୋଗଦେଇଥିବା ବେଳେ ସମ୍ମାନୀତ ଅତିଥି ଭାବେ ସହକାରୀ ଜିଲ୍ଲାପାଳ ଅଶୋକ କୁମାର ବେହେରା, ଭଣ୍ଡାରୀ ପୋଖରୀ ତହସିଲର ଅତିରିକ୍ତ ତହସିଲଦାର ରଶ୍ମୀରଞ୍ଜନ ମଲ୍ଲିକ, ସଙ୍ଘର ରାଜ୍ୟ ସଭାପତି ଜଗବନ୍ଧୁ ଜେନା, ପୂର୍ବତନ ରାଜସ୍ୱ ପରିଦର୍ଶକ ହିମାଂଶୁ ଦାସ, କଟକ ଜିଲ୍ଲା ସଭାପତି ସୁଚନ୍ଦ୍ର ମହାନ୍ତି, ପୂର୍ବତନ ସଭାପତି ଅକ୍ଷୟ ଚୌଧୁରୀ, ପୂର୍ବତନ ରାଜସ୍ୱ ନିରୀକ୍ଷକ ଲକ୍ଷ୍ମଣନାଥ ଶର୍ମା ଓ ବୈଷ୍ଣବ ଦ୍ୱିବେଦୀ ପ୍ରମୁଖ ଯୋଗଦେଇ ବକ୍ତବ୍ୟ ରଖିଥିଲେ। ସମ୍ପାଦକ ବିଶ୍ୱବିଜୟୀ ପରିଡା ସମ୍ପାଦକୀୟ ବିବରଣୀ ପାଠ କରିଥିବା ବେଳେ ରାଜସ୍ୱ ନିରୀକ୍ଷକ ପୁଷ୍ପଲତା ମହାପାତ୍ର ମଞ୍ଚ ପରିଚାଳନା କରିଥିଲେ। ଏହି ଅବସରରେ ସଙ୍ଘ ପକ୍ଷରୁ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟ ଗୃହ ନିର୍ମାଣ ତଥା ମରାମତି ଏବଂ ଗୃହକୁ ବିଦ୍ୟୁତ୍ ସଂଯୋଗ ଓ ଇଣ୍ଟରନେଟ୍ ବ୍ରଡବ୍ୟାଣ୍ଡ ସଂଯୋଗୀକରଣ କରିବା ସହ ଲାପଟପ୍ ଓ ପ୍ରିଣ୍ଟର ଗୁଡିକୁ ମରାମତି କରିବା ପାଇଁ ପଦକ୍ଷେପ ଗ୍ରହଣ କରାଯିବା, ଜିଲ୍ଲାର ସମସ୍ତ କ୍ଷେତ୍ର ଅଧିକାରୀମାନଙ୍କୁ ଗସ୍ତଖର୍ଚ୍ଚ ଏବଂ ସର୍କଲ ଦାୟୀତ୍ୱରେ ଥିବା ରାଜସ୍ୱ



ନିରୀକ୍ଷକ ଏବଂ ସହକାରୀ ରାଜସ୍ୱ ନିରୀକ୍ଷକଙ୍କୁ ମୋବାଇଲ ଖର୍ଚ୍ଚ ଦରମା ସହ ପ୍ରଦାନ କରିବା, ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟରେ ଖାଲି ପଡିଥିବା ସମସ୍ତ ପଦକୁ ପୂରଣ କରାଯିବା, ସମସ୍ତ ରାଜସ୍ୱ କ୍ଷେତ୍ର ପରିଦର୍ଶକ, ରାଜସ୍ୱ ନିରୀକ୍ଷକ ଏବଂ ଏଆରଆଇମାନଙ୍କୁ ଜିଲ୍ଲାପାଳଙ୍କ ସ୍ୱାକ୍ଷରରେ ପରିଚୟପତ୍ର ପ୍ରଦାନ, ଜିଲ୍ଲାପାଳଙ୍କ ବିନା ଅନୁମତିରେ ତହସିଲଦାରଙ୍କ ଦ୍ୱାରା ବେଆଇନ ଭାବେ ହେଉଥିବା କ୍ଷେତ୍ର କର୍ମଚାରୀଙ୍କ ଅଯଥା ବଦଳିକୁ ବନ୍ଦ କରାଯିବା, ସମସ୍ତ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟକୁ ପ୍ରତ୍ୟେକ ମାସରେ କଣ୍ଟିଜେନ୍ସି ଦେବାର ବ୍ୟବସ୍ଥା ଓ ସମସ୍ତ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟକୁ ଆସବାବପତ୍ର ଯୋଗାଣ ସହିତ ତହସିଲ କାର୍ଯ୍ୟାଳୟରେ ବେଆଇନ ଭାବେ ବିଭିନ୍ନ ବିଭାଗର ଦାୟୀତ୍ୱରେ ଥିବା କ୍ଷେତ୍ର କର୍ମଚାରୀମାନଙ୍କୁ ତୁରନ୍ତ ରାଜସ୍ୱ ସର୍କଲକୁ କାର୍ଯ୍ୟ କରିବାକୁ ପଠାଇବା ନିମନ୍ତେ ସଂପୃକ୍ତ ତହସିଲଦାରଙ୍କୁ କଡା ତାଗିଦ କରାଯିବା ପାଇଁ ଦାବି କରାଯାଇଥିଲା। ସଙ୍ଘର ନୂତନ କମକର୍ତ୍ତା ଚୟନ କରାଯାଇ ସଭାପତି ଭାବେ ଜାନକୀ ବଲ୍ଲଭ ପଣ୍ଡା, କାର୍ଯ୍ୟକାରୀ ସଭାପତି ଭାବେ ବିଶ୍ୱବିଜୟୀ ପରିଡା, ଉପସଭାପତି ଭାବେ ମନିଆ ପ୍ରିୟଦର୍ଶିନୀ ଷଡଙ୍ଗୀ, ସମ୍ପାଦକ ଭାବେ ରଞ୍ଜିତ କୁମାର ସାହୁ, ଯୁଗ୍ମ ସମ୍ପାଦକ ଭାବେ ବିଜୟ କୁମାର ଜେନା, ସଂଗଠନ ସମ୍ପାଦକ ଶକ୍ତିପ୍ରସାଦ ରଥ, ସାଂସ୍କୃତିକ ସମ୍ପାଦକ ଅନନ୍ତ କୁମାର ମହାରଣା, କାର୍ଯ୍ୟାଳୟ ସାମ୍ପାଦକ ରାଜଶ୍ରୀ ପ୍ରଧାନ, କୋଷାଧ୍ୟକ୍ଷ ଦୀପକ କୁମାର ଦାସ, ସମୀକ୍ଷକ ପୁଷ୍ପଲତା ମହାପାତ୍ର ଓ ପବିତ୍ର କୁମାର ବେହେରା, ମୁଖ୍ୟ ପରାମର୍ଶଦାତା ହିମାଂଶୁ କୁମାର ଦାସ, ପରାମର୍ଶଦାତା ନଳିନୀକାନ୍ତ ପୃଷ୍ଟି, ବିଜୟାନନ୍ଦ ପଣ୍ଡା, ସୁଧାଂଶୁଶେଖର ମହାନ୍ତି ଓ ଅଭିମନ୍ୟୁ ସେଠୀଙ୍କୁ ସର୍ବସମ୍ମତ ଭାବେ ଚୟନ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଜାନକୀବଲ୍ଲଭ ପଣ୍ଡା, ସନ୍ଧ୍ୟାରାଣୀ ବେହେରା, ନଗେନ୍ଦ୍ର ସିଂହ, ସେକ ନିଆଜୁଦ୍ଦିନ୍, ମନିଷା ଷଡଙ୍ଗୀ, ସୁପ୍ରିୟା ସ୍ୱାଇଁ, ଅନନ୍ତ ମହାରଣା, ପ୍ରତ୍ୟୁଷ ଦିକ୍ଷିତ୍, ପ୍ରକାଶ ସେଠୀ, ପବିତ୍ର ବେହେରା ପ୍ରମୁଖ ମଞ୍ଚ ପରିଚାଳନାରେ ସହଯୋଗ କରିଥିଲେ।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES for Std I to Std V

Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884,2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray